ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ

Vol.26 . No.180 Bhubaneswar Friday August 25 2023 | ୨୬ତମ ବର୍ଷ ସଂଖ୍ୟା-୧୮୦ ଭୁବନେଶ୍ୱର, ଶୁକ୍ରବାର, ଅଗଷ୍ଟ ୨୫, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ-୧.୫୦ | ₹1.50 | (Air Surcharge - 0.50P) | Member-INS

# ହୃଦୟ ଜିତିଲେ, କିନ୍ତୁ ବିଶ୍ୱକପ ଫାଇନାଲ ହାରିଗଲେ ଭାରତର ପ୍ରଜ୍ଞାନନ୍ଦ



ବିଶ୍ୱର ନମ୍ବର ୱାନ ଖେଳାଳି ମାଗ୍ନସ କାର୍ଲସେନଙ୍କୁ ଫିଡେ ବିଶ୍ୱକପ୍ ଚେସ୍ ଟୁର୍ଣ୍ଣାମେଣ୍ଟର ଫାଇନାଲରେ କଡା ଟକ୍କର ଦେଇ ହାରି ଯାଇଛନ୍ତି ଭାରତର ଆର ପ୍ରଜ୍ଞାନନ୍ଦ। କାର୍ଲସନ ଟ୍ରାଏ ବ୍ରେକ୍‌ରେ ୧୮ ବର୍ଷୀୟ ପ୍ରଜ୍ଞାନନ୍ଦଙ୍କୁ ହରାଇ ଦେଇଛନ୍ତି। ପ୍ରଜ୍ଞାନନ୍ଦ ମ୍ୟାଚ୍ ହାରି ଯାଇଥିଲେ ମଧ୍ୟ ଏତେ କମ ବୟସରେ ଫାଇନାଲରେ ପହଞ୍ଚିବା ଓ ବିଶ୍ୱର ୧ନଂ ଖେଳାଳି କାର୍ଲସେନଙ୍କୁ ଟକ୍କର ଦେଇ ସମସ୍ତଙ୍କ ହୃଦୟ ଜିତିଛନ୍ତି। ମଙ୍ଗଳବାର ଠାରୁ ଉଭୟଙ୍କ ମଧ୍ୟରେ ଫାଇନାଲ ଲକ୍ଷଇ ଆରମ୍ଭ ହୋଇଥିଲା। ପ୍ରଥମ ଦୁଇ କ୍ଲାସିକାଲ ଗେମ୍‌କୁ ଡ୍ର ରଖିବାରେ ଭାରତୀୟ ଗ୍ରାଣ୍ଡମାଷ୍ଟର ଆର୍।. ପ୍ରଜ୍ଞାନନ୍ଦ ସମର୍ଥ ହୋଇଥିଲେ। ଦୁଇଟି ଲଢେଇ ଡ୍ର ରହିବାରୁ ଆଜି ଟ୍ରାଏ ବ୍ରେକରରେ ଫଳାଫଳ ନିର୍ଣ୍ଣୟ କରାଯାଇଥିଲା।

## ଆସନ୍ତାକାଲିଠୁ ଫାଇଭ-ଟି ସଚିବଙ୍କ ତିନି ଦିନିଆ ଗଞ୍ଜାମ ଗସ୍ତ

ଗଞ୍ଜାମ, ୨୪।୮(ପି.ଏନ): ଆଉ ଦିନକ ପରେ ଅର୍ଥାତ୍ ଆସନ୍ତାକାଲି ଓଡ଼ିଶା ମୁଖ୍ୟମନ୍ତ୍ରୀଙ୍କ ଫାଇଭ-ଟି ସଚିବ ଭି.କେ. ପାଣ୍ଡିଆନ ତିନି ଦିନିଆ ଗଞ୍ଜାମ ଗସ୍ତରେ ଆସିବାର କାର୍ଯ୍ୟକ୍ରମ ରହିଛି । ପାଣ୍ଡିଆନଙ୍କ ଏହି ଗସ୍ତ କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଜିଲ୍ଲା ପ୍ରଶାସନ ତଥା ବିଜେଡ଼ି ନେତା, ବିଧାୟକ, ସାଂସଦ ଓ ମନ୍ତ୍ରୀ ମାନଙ୍କ ପକ୍ଷରୁ ତତ୍ପରତା ପ୍ରକାଶ ପାଇଛି । ତେବେ ଏହି କାର୍ଯ୍ୟକ୍ରମ ମଧ୍ୟରେ ଗୋପାଳପୁରରେ ତାଙ୍କର କାର୍ଯ୍ୟକ୍ରମ ରହିଥିବାରୁ ସ୍ଥାନୀୟ ବିଧାୟକ ପ୍ରଦୀପ କୁମାର ପାଣିଗ୍ରାହୀ ଓ ତାଙ୍କର ପ୍ରଦୀପ ସେନା ପକ୍ଷରୁ ଏହି କାର୍ଯ୍ୟକ୍ରମକୁ ଘୋର ବିରୋଧ କରିବା ନେଇ ପ୍ରସ୍ତୁତି ଚାଲିଛି । ଅନ୍ୟପକ୍ଷରେ କେତେକ ସ୍ଥାନରେ ମଧ୍ୟ ବିଜେପି ପକ୍ଷରୁ ପାଣ୍ଡିଆନଙ୍କ ଗସ୍ତକୁ ବିରୋଧ କରାଯିବ ବୋଲି ଜଣାପଡିଛି । ତେଣୁ ପୋଲିସ ପ୍ରଶାସନ ପକ୍ଷରୁ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଛି ।

# ରାତି ପାହିଲେ ପାଣ୍ଡିଆନ୍ ଯିବେ ଗଞ୍ଜାମ; ତା'ପୂର୍ବରୁ କାନ୍ଥ ବାଡରେ ଛାଇ ଯାଇଛି ବିରୋଧାତ୍ମକ ଲେଖା



ଭୁବନେଶ୍ୱର, ୨୪।୮(ପି.ଏନ): ମୁଖ୍ୟମନ୍ତ୍ରୀଙ୍କ ଜିଲ୍ଲା ଗଞ୍ଜାମ ଗସ୍ତ ପୂର୍ବରୁ ୫- ଟି ସଚିବଙ୍କୁ ବଢୁଛି ବିରୋଧ। ସଭାସ୍ଥଳଠୁ ଆରମ୍ଭ କରି ରାସ୍ତାକଡ ପର୍ଯ୍ୟନ୍ତ, ସବୁଠି ମୁଖ୍ୟମନ୍ତ୍ରୀ-ବିଧାୟକ ଓ ସଚିବଙ୍କ ନାଁରେ ଦେଖିବାକୁ ମିଳିଛି ବିରୋଧାତ୍ମକ ଲେଖା। ଅନ୍ୟପକ୍ଷରେ ୫- ଟି ସଚିବଙ୍କ ଗସ୍ତକୁ ନେଇ ରାଜ୍ୟ ସରକାରଙ୍କୁ ବିଜେପି ୧୧ଟି ପ୍ରଶ୍ନ ପଚାରିଥିବା ବେଳେ ଗୋପାଳପୁର ବିଧାୟକ ପ୍ରଦୀପ ପାଣିଗ୍ରାହୀ ସଚିବ ଶାସନଙ୍କୁ ନେଇ ଭି.କେ ପାଣ୍ଡିୟାନଙ୍କୁ ଟାର୍ଗେଟ୍ କରିଛନ୍ତି।ଆସନ୍ତାକାଲିଠୁ ୩ ଦିନିଆ ଗଞ୍ଜାମ ଗସ୍ତରେ ଯାଉଛନ୍ତି ୫-ଟି ସଚିବ ଭି.କେ. ପାଣ୍ଡିଆନ୍। ହେଲେ ତା' ପୂର୍ବରୁ ଦେଖାଦେଲାଣି ବିବାଦ। ଫାଇଭ-ଟି ସଚିବଙ୍କୁ ବିରୋଧ କରି କାନ୍ଥ ବାଡରେ ଲେଖାଯାଇଛି ବିଭିନ୍ନ ସ୍ଲୋଗାନ। କନିଶି ବ୍ଲକ, ତହସିଲ ଅଫିସ୍, ଦୋକାନ ଘର, ସବୁଠି ମୁଖ୍ୟମନ୍ତ୍ରୀ, ବିଧାୟକ ଓ ସଚିବଙ୍କ ବିରୋଧରେ ମାଳ ମାଳ ଲେଖା ଲେଖାଯାଇଛି। ବିଦ୍ୟୁତ ଖୁଣ୍ଟ ଓ କାନ୍ଥରେ ଲେଖାଯାଇଛି "ନବୀନ କାଠରେ, ପାଣ୍ଡିଆ ମଞ୍ଚରେ"; "ମାୟା ନବୀନ, ଚାକର ଶାସନ", ଶୋଇଛି ନବୀନ, ଉଡେ ପାଣ୍ଡିଆନ୍ ?", "ଚାକର ବିଜେଡି, ଗୁମାସ୍ତା ରାଜୁତି" .... ଏମିତି କେତେ କ'ଣ ଲେଖାଯାଇଛି।ସେପଟେ ପାଣ୍ଡିଆନ୍‌ଙ୍କ ଗସ୍ତକୁ ନେଇ ଟାର୍ଗେଟ କରିଛି ବିଜେପି। ଜିଲ୍ଲାର ବିକାଶକୁ ନେଇ ରାଜ୍ୟ ସରକାରଙ୍କୁ ପଚାରିଛି ଅନେକ ପ୍ରଶ୍ନ। ଜିଲ୍ଲାରେ ଶିଳ୍ପ ପ୍ରତିଷ୍ଠା ନହେବା, ଦାଦନ ଖଟିବାକୁ ଲୋକେ ବାହାର ରାଜ୍ୟକୁ ଯିବା, ମେଡିକାଲରେ ଡାକ୍ତର ଅଭାବ ଭଳି ୧୧ଟି ପ୍ରସଙ୍ଗରେ ପ୍ରଶ୍ନ ପଚାରିଛି ବିଜେପି। ତା'ସହ ମାତ୍ର ୨ କିଲୋମିଟର ରାସ୍ତାକୁ ଗାଡିରେ ନଯାଇ ହେଲିକେପ୍ଟରରେ ଯିବାକୁ ମଧ୍ୟ କଡା ଭାଷାରେ ସମାଲୋଚନା କରିବା ସହ ସରକାରୀ ଅର୍ଥରେ ଏହା ବିଜେଡି କାର୍ଯ୍ୟକ୍ରମ ବୋଲି ଆଭିଯୋଗ ଆଣି ବର୍ଷିଛି।

## ପଞ୍ଜାବ : ଫିରୋଜପୁର ସୀମାରୁ ଧରାପଡ଼ିଲା ଚାଇନିଜ୍ ଡ୍ରୋନ୍, ୨୧ କୋଟିର ହିରୋଇନ୍ ଜବତ

ଚଣ୍ଡୀଗଡ଼, ୨୪।୮(ପି.ଏନ): ବିଏସ୍ଏଫ୍ ଏବଂ ପଞ୍ଜାବ ପୋଲିସ ଭାରତ-ପାକ୍ ସୀମାରେ ସର୍ଚ୍ଚ ଅପରେସନ ଚଳାଇ ଚାଇନିଜ୍ ଡ୍ରୋନ୍ ଜବତ କରାଯାଇଛି, ଯାହା ଉପରେ ପ୍ରାୟ ୨୧ କୋଟି ଟଙ୍କାର ହିରୋଇନ୍ ଥିଲା।ବିଏସ୍ଏଫ୍ ଅନୁଯାୟୀ ବୁଧବାର ରାତି ଫିରୋଜପୁରର ଗାଆଁ ହଜାରେ ସିଂହ ବାଲାରେ ଡ୍ରୋନ୍ ଗତିବିଧି ଦେଖିବାକୁ ମିଳିଛି, ଯାହାପରେ ବିଏସ୍ଏଫ୍ ଏବଂ ସ୍ଥାନୀୟ ପୋଲିସ୍ ମିଶି ଅପରେସନ ଆରମ୍ଭ କରିଛି। ମଧ୍ୟରାତ୍ର ପର୍ଯ୍ୟନ୍ତ ସର୍ଚ୍ଚ ସମୟରେ ଗାଆଁ ହଜାରେ ସିଂହ ବାଲାଙ୍କ ଖେତରୁ ଡ୍ରୋନ୍ ମିଳିଥିଲା। ତାହାସହ ହଳଦିଆ ରଙ୍ଗର ଏକ ପ୍ୟାକେଟ୍ ମଧ୍ୟ ବନ୍ଧା ଥିଲା, ଯାହା ଡ୍ରୋନ୍ ପଡ଼ିବା କାରଣରୁ ଫାଟିଯାଇଥିଲା। ହଳଦିଆ ରଙ୍ଗର ବଡ଼ ପ୍ୟାକେଟ୍‌ରେ ଚୋଟ ପ୍ୟାକେଟ୍ ଥିଲା, ଯେଉଁଥିରେ ହେରୋଇନ୍ ଡୋଜ୍ ଥିଲା। ଏହାର ମୋଟ ଓଜନ ୩.୪ କିଲୋଗ୍ରାମ ଅନୁମାନ କରାଯାଇଥିଲା ଏବଂ ଏହାର ଆନ୍ତର୍ଜାତିକ ଦାମ୍ ପ୍ରାୟ ୨୧ କୋଟି ଟଙ୍କା ହେବ ବୋଲି କୁହାଯାଉଛି।

## ବସ୍ ରେ ଲାଗିଲା ନିଆଁ, ଅଳ୍ପକେ ବର୍ତିଲେ ଯାତ୍ରୀ

ଜୟପୁର, ୨୪।୮(ପି.ଏନ): ଆଜି ସକାଳୁ ହାଇଦ୍ରାବାଦ ଠାରୁ ସିନାପାଲି ଯାଉଥିବା ଗୁପ୍ତା ବସରେ ବୋରିଗୁମ୍ମା ବସଷ୍ଟାଣ୍ଡ ନିକଟରେ ଲାଗିଲା ନିଆଁ। ହେଲେ ଏହି ଦୁର୍ଘଟଣାରୁ ଅଳ୍ପକେ ବର୍ତି ଯାଇଛନ୍ତି ଯାତ୍ରୀ।ବସ୍ ଟି ବୋରିଗୁମ୍ମା ବସଷ୍ଟାଣ୍ଡରେ ଠିଆ ହୋଇଥିବ ସମୟରେ ଟାୟାର ଫାଟି ହଠାତ ନିଆଁ ଲାଗିଥିଲା। ବସ ରେ ନିଆଁ ଲାଗିବା ଫଳରେ ସମସ୍ତ ଯାତ୍ରୀ ସଙ୍ଗେ ସଙ୍ଗେ ତଳକୁ ଓହ୍ଲାଇ ପଡ଼ିଥିଲେ। ଘଟଣାସ୍ଥଳରେ ଅଗ୍ନିଶମ ବାହିନୀ ପହଂଚି ନିଆଁକୁ ଆୟତ୍ତ କରିଛନ୍ତି, କିନ୍ତୁ ବସ ଏବଂ ଯାତ୍ରୀଙ୍କ ଆସବାବପତ୍ର ସବୁ ଜଳିପୋଡ଼ି ଛାରଖାର ହୋଇଯାଇଛି। ବୋରିଗୁମ୍ମା -ନବରଙ୍ଗପୁର ରୋଡ ୨୬ ନମ୍ବର ଜାତୀୟ ରାଜପଥ ଉପରେ ହୁ ହୁ ହୋଇ ଜଳି ଗଲା ଏହି ଘରେଇବସ।


# ଦାଦନ ଖଟିବାକୁ ଯାଇ ନିର୍ଯ୍ୟାତନା ସହି ନପାରି ଚାଲି ଚାଲି ଗ୍ରାମକୁ ଫେରିଲେ ଶ୍ରମିକ

ଜୟପୁର, ୨୪।୮(ପି.ଏନ): ଦାଦନ ଖଟିବାକୁ ଯାଇ ନିର୍ଯାତନା ସହିପାରିଲେନି। ଶେଷରେ ଭଦ୍ରାଚଲମ ଠାରୁ କିଛି ନ ଖାଇ କେବଳ ପାଣି ପିଇ ଚାଲି ଚାଲି ନିଜ ଗାଁକୁ ଯାଉଥିଲେ ଦାଦନ ଶ୍ରମିକ, ହେଲେ ୩୦୦ କିଲୋମିଟର ଚାଲିବା ପରେ ଆଉଆଗକୁ ଚାଲି ନପାରି ରାସ୍ତାକଡ଼ରେ ଥିବା ବିଶ୍ରାମଗାରେ ବସିଥିଲେ, କିଛି ସ୍ୱେଚ୍ଛାସେବୀ ଏହା ଦେଖି ତାଙ୍କୁ ଉଦ୍ଧାର କରି ସ୍ଥାନୀୟ ପୋଲିସକୁ ହସ୍ତାନ୍ତର କରିଛନ୍ତି । ଦାଦନ ଶ୍ରମିକ ଜଣକ କୋରାପୁଟ ଜିଲ୍ଲା ଲମତାପୁଟ ବ୍ଲକ ସଗର ଗ୍ରାମର ଦାମୋଦର ଖିଲ ବୋଲି ଜଣାପଡିଛି। ସେ ଟଙ୍କା ରୋଜଗାର କରିବା ଉଦ୍ଦେଶ୍ୟରେ ଭଦ୍ରାଚଲମର ଚିଙ୍ଗୁଡ଼ି ଫେକ୍ଟରୀରେ କାମ କରିବା ପାଇଁ ଯାଇଥିଲେ। ତାଙ୍କୁ ଦଇନିକ ୫୫୦ ଟଙ୍କା ମଜୁରୀ ଦିଆଯିବ ବୋଲି ମିଛ କହି ଜଣେ ଦଲାଲ ନିଜ ସଙ୍ଗରେ ନେଇ ଭଦ୍ରାଚଲମ ନେଇ ଛାଡିଦେଲେ, ହେଲେ ଫେକ୍ଟରୀରେ ଚାରିମାସ ପନ୍ଦର ଦିନ ପର୍ଯ୍ୟନ୍ତ କାମ କରିଥିଲେ ମଧ୍ୟ ତାଙ୍କୁ ମାଲିକ ମଜୁରୀ ନ ଦେବା ଯୋଗୁଁ ବାଧ୍ୟ ହୋଇ ଦାମୋଦର ନିଜ ଗାଁ ଅଭିମୁଖେ ପାଦରେ ଚାଲିଚାଲି ବାହାରିଲେ, ହେଲେ ୩୦୦ କିଲୋମିଟର ଚାଲିବା ପରେ ଆଉ ଆଗକୁ ଚାଲି ନ ପାରି ଶେଷରେ ରାଂଚି- ବିଜୟୱାଡା ୩୨୬ ନମ୍ବର ଜାତୀୟ ରାଜପଥର ବୈପାରୀଗୁଡା ଥାନା ଅନ୍ତର୍ଗତ ଟାଙ୍ଗିଣୀଗୁଡା ଛକ ରାସ୍ତା କଡ଼ରେ ଥିବା ବିଶ୍ରାମଗୃହରେ ସେ ଅଟକି ଯାଇଥିଲେ। ଗତ ୨୯ ଦିନ ଧରି ଚାଲିଚାଲି ଆସୁଥିବା ଯୋଗୁଁ ସେ ଥକି ଯାଇଥିବାରୁ ତାଙ୍କୁ କିଛି ସ୍ଥାନୀୟ ଯୁବକ ଉଦ୍ଧାର କରି ବୈପାରୀଗୁଡା ପୋଲିସକୁ ହସ୍ତାନ୍ତର କରିଛନ୍ତି। ସେପଟେ ପରିବାରଲୋକଙ୍କୁ ଯୋଗାଯୋଗ କରାଯାଉଛି। ଦାମୋଦରଙ୍କ ପ୍ରାଥମିକ ଚିକିତ୍ସାପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯିବ ବୋଲି ପୋଲିସ ପକ୍ଷରୁ ସୂଚନା ମିଳିଛି।

# ରାୟଗଡ଼ା ଡିଏଫଓଙ୍କ ଘର ସମେତ ୭ ସ୍ଥାନରେ ଭିଜିଲାନ୍ସ ଚଢ଼ଉ

ରାୟଗଡ଼ା, ୨୪।୮(ପି.ଏନ): ଆୟ ବର୍ହିଭୂତ ସମ୍ପତି ଠୁଳ ଅଭିଯୋଗରେ ଆଜି ରାୟଗଡ଼ା ଡିଏଫଓ ବିଜୟ କୁମାର ପରିଡାଙ୍କ ଘରେ ଚଢ଼ଉ କରିଛି ଭିଜିଲାନ୍ସ । ରାୟଗଡ଼ା, ଭୁବନେଶ୍ୱର ସମେତ ୪ ଜିଲ୍ଲାର ମୋଟ୍ ୭ଟି ସ୍ଥାନରେ ଏକକାଳୀନ ଏହି ଚଢ଼ଉ କରାଯାଇଛି। ଚଢ଼ଉ ବେଳେ ଠାବ ହୋଇଥିବା କଟକ ସଦର ଅନ୍ତର୍ଗତ ପୋଷ୍ଟ ଉରାଳି ମୌଜା ଶ୍ରୀକୋରୁଆନ ଅଂଚଳରେ ଖାତା ନଂ ୨୦୦/୩୯୧ ପ୍ଲଟ୍ ନଂ ୧୬/୭୦୮ ରେ ରହିଥିବା ନିର୍ମାଣାଧିନ ୯୫୦୦ ସ୍କୋୟାରଫୁଟ୍ ର ଏକ କୋଠା। ଯାହାର ମୂଲ୍ୟ ୧.୮ କୋଟି ଟଙ୍କା ହେବ । ଭୁବନେଶ୍ୱର ରସୁଲଗଡ଼ରେ ୫୧୦୦ ସ୍କୋୟାରଫୁଟ୍ ର ଏକ ତିନିମହଲା ବିଶିଷ୍ଟ କୋଠା, ଭୁବନେଶ୍ୱର ପଟିଆ କଳାରହଙ୍ଗା ଆର୍ଶିବାଦ ପ୍ଲାଜା ବ୍ଲକ -ଏ, 'ଫ୍ଲାଟ ନଂ ୩୦୪ର ତୃତୀୟ ମହଲାରେ ଥିବା ଘର, ଭୁବନେଶ୍ୱର, ପୁରୀ, କଟକ, ଯାଜପୁରରେ ଥିବା ୮ଟି ପ୍ଲଟ୍, ନଗଦ ଟଙ୍କା ୧ ଲକ୍ଷ ୨୪ ହଜାର ୬୦୦ ଏବଂ ଗୋଟିଏ ଚାରିଚକିଆ, ଦୁଇଟି ଦୁଇ ଚକିଆ ଗାଡି ଜବତ ହୋଇଛି ।

# ସୀମାରେ ଉତ୍ତେଜନା ହ୍ରାସ କରିବାକୁ ମୋଦି-ଜିନପିଙ୍ଗ ରାଜି



ନୂଆଦିଲ୍ଲୀ, ୨୪।୮(ପି.ଏନ): ସୀମାରେ ଭାରତ ଓ ଚାଇନା ମଧ୍ୟରେ ଲାଗି ରହିଥିବା ଉତ୍ତେଜନା ଖୁବଶୀଘ୍ର ହ୍ରାସ ପାଇବ। ସଂପୂର୍ଣ୍ଣ ଏଲଏସିରେ ଉତ୍ତେଜନା ଶୀଘ୍ର ହ୍ରାସ କରିବାକୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଓ ଚାଇନା ରାଷ୍ଟ୍ରପତି ସି ଜିନପିଙ୍ଗ ଏକମତ ହୋଇଛନ୍ତି। ୨୦୨୦ ଲଦାଖର ଗଲୱାନ ଘାଟିରେ ଦୁଇ ଦେଶର ସେନା ମଧ୍ୟରେ ରକ୍ତାକ୍ତ ସଂଘର୍ଷ ହୋଇଥିଲା। ସେବେଠାରୁ ଏଲଏସିରେ ଛକାପଞ୍ଝା ଜାରି ରହିଛି। ବିବାଦର ଦୀର୍ଘ ୩ ବର୍ଷ ପରେ ମୋଦି ଓ ଜିନପିଙ୍ଗ ସୀମା ସମ୍ପର୍କରେ ଆଲୋଚନା କରିଛନ୍ତି। ଏଥିସହ ଖୁବଶୀଘ୍ର ସୀମାନ୍ତ ଅଞ୍ଚଳରେ ଉତ୍ତେଜନା ହ୍ରାସ କରିବାକୁ ରାଜି ହୋଇଛନ୍ତି। ଏବେ ଉଭୟ ନେତା ବ୍ରିକ୍ସ ସମ୍ମିଳନୀ ପାଇଁ ଦକ୍ଷିଣ ଆଫ୍ରିକାର ଜୋହାନ୍ସବର୍ଗରେ ରହିଛନ୍ତି।ବ୍ରିକ୍ସ ସମ୍ମିଳନୀ ଅବସରରେ ମୋଦି ଓ ଜିନପିଙ୍ଗ ଅନଔପଚାରିକ ଭାବେ ପରସ୍ପର ସହ କଥା ହୋଇଥିଲେ। ଏହି ସମୟରେ ମୋଦି ସୀମା ବିବାଦ କଥା ଉଠାଇଥିଲେ। ଏହାପରେ ଦୁଇ ନେତା ଉତ୍ତ ?ଜନା ହ୍ରାସ କରିବାକୁ ରାଜି ହୋଇଥିବା ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି।

# କାବେରୀ ଜଳ ବିବାଦ ମାମଲା : ସୁପ୍ରିମକୋର୍ଟରେ ତାମିଲନାଡୁର ଦାବିକୁ କର୍ଣ୍ଣାଟକ ଭୁଲ ବୋଲି କହିଲା

ନୂଆଦିଲ୍ଲୀ, ୨୪।୮(ପି.ଏନ): କର୍ଣ୍ଣାଟକ ସରକାର କାବେରୀ ଜଳ ବିବାଦ ମାମଲାରେ ସୁପ୍ରିମକୋର୍ଟରେ ଏକ ଆଫିଡେଭିଟ୍ ଦାଖଲ କରିଛନ୍ତି। ତାମିଲନାଡୁ ସରକାରଙ୍କ ଆବେଦନକୁ ବିରୋଧ କରି କର୍ଣ୍ଣାଟକ ସରକାର ତାମିଲନାଡୁର ଚାହିଦା ସମ୍ପୂର୍ଣ୍ଣ ଭୁଲ ବୋଲି କହିଛନ୍ତି। ପ୍ରଧାନ ବିଚାରପତି ଡି.ୱାଇ ଚନ୍ଦ୍ରଚୂଡ଼ ଏହି ମାମଲାର ଶୁଣାଣି ପାଇଁ ଏକ ବେଂଚ ଗଠନ କରିବାକୁ କହିଛନ୍ତି । କର୍ଣ୍ଣାଟକ ସରକାର କହିଛନ୍ତି ଯେ, ଏହା ଏକ ସଂକଟଗ୍ରସ୍ତ ବର୍ଷ ନୁହେଁ, ବରଂ ସାଧାରଣ ବର୍ଷା ବର୍ଷ ବୋଲି ଏକ ଭୁଲ ଧାରଣା ଉପରେ ଆଧାରିତ । ଚଳିତ ବର୍ଷ ବୃଷ୍ଟିପାତ ୨୫ ପ୍ରତିଶତ ହ୍ରାସ ପାଇଛି । ଏହା ଏକ ଜଳ ଅଭାବ ବର୍ଷ । ଜଳ ଭଣ୍ଡାରର ପ୍ରବାହ ପ୍ରାୟ ଅଧା ହୋଇଯାଇଛି । ତେଣୁ ତାମିଲନାଡୁ ଆମକୁ ଜଳ ଛାଡ଼ିବାକୁ ବାଧ୍ୟ କରିପାରିବ ନାହିଁ।ବାସ୍ତବରେ ତାମିଲନାଡୁ ସରକାର ତାଙ୍କ ଆବେଦନରେ କହିଛନ୍ତି ଯେ, ସୁପ୍ରିମକୋର୍ଟଙ୍କ ନିଷ୍ପତି ଅନୁଯାୟୀ କର୍ଣ୍ଣାଟକ ସରକାର ଜଳ ଛାଡୁ ନାହାଁନ୍ତି । ଫେବୃଆରୀ ୧୬, ୨୦୧୮ରେ ସୁପ୍ରିମକୋର୍ଟ କାବେରୀ ଜଳ ବିବାଦ ମାମଲାରେ ନିଜର ରାୟ ପ୍ରଦାନ କରିଥିବା ବେଳେ କହିଥିଲେ ଯେ, କୌଣସି ରାଜ୍ୟ କାବେରୀ ନଦୀକୁ ଦାବି କରିପାରିବେ ନାହଁ।

# ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ୧୪ ବଦଳରେ ଜଣେ ଡାକ୍ତର

ଅନୁଗୁଳ, ୨୪।୮(ପି.ଏନ): ଅନୁଗୁଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଭେଷଜ ବିଭାଗରେ ଅଛନ୍ତି ଜଣେ ମାତ୍ର ଡାକ୍ତର କ୍ଷ ଫଳରେ ରୋଗୀ ସେବା ସମ୍ପୂର୍ଣ୍ଣ ବ୍ୟାହତ ହୋଇଛି କ୍ଷ ବିଗତ ଦିନରେ ତିନିଜଣ ଭେଷଜ ବିଶେଷଜ୍ଞ ନିଯୁକ୍ତି ରହିଥିବା ବେଳେ ସେମାନଙ୍କ ମଧ୍ୟରୁ ଜଣେ ବରିଷ୍ଠ ଡାକ୍ତରଙ୍କ ମୃତ୍ୟୁ ଘଟିଛି ଓ ଅନ୍ୟ ଜଣେ ଡାକ୍ତରଙ୍କ ବାହାର ଜିଲ୍ଲାକୁ ବଦଳି ହୋଇଛି ।ଏଣୁ ବର୍ତ୍ତମାନ ସମୟରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଜଣେ ମାତ୍ର ଭେଷଜ ବିଶେଷଜ୍ଞ ସମସ୍ତ ମେଡିସିନ ବିଭାଗ ସମ୍ଭାଳୁଛନ୍ତି ।ଯାହା ଶତାଧିକ ବର୍ହିବିଭାଗ ଓ ଅର୍ନ୍ତବିଭାଗ ରୋଗୀଙ୍କ ଚିକିତ୍ସା କରିବା ତାଙ୍କ ପକ୍ଷେ ସମ୍ଭବପର ନୁହେଁ ।ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଅନୁଗୁଳ ଜିଲ୍ଲା ପାଇଁ ୧୪ ଜଣେ ଭେଷଜ ବିଶେଷଜ୍ଞ ନିଯୁକ୍ତି ପାଇଁ ଅନୁମୋଦନ ରହିଛି । ତୁରନ୍ତ ଭେଷଜ ବିଶେଷଜ୍ଞ ନିଯୁକ୍ତି ନହେଲେ ରୋଗୀ ଚିକିତ୍ସା ପାଇବାରୁ ବଞ୍ଚିତ ହେବେ ।ଏ ପ୍ରସଙ୍ଗରେ ଗୁରୁତର ସହିତ ବିଚାର କରି କିଭଳି ଡାକ୍ତର ନିଯୁକ୍ତି ହୋଇପାରିବେ ଜିଲ୍ଲାପାଳ ଏଥିପ୍ରତି ବିହିତ ପଦକ୍ଷେପ ଗ୍ରହଣ କରିବା ନିମନ୍ତେ ସ୍ୱେଚ୍ଛାସେବୀ ପର୍ଶୁରାମ ଦାଶ,ପ୍ରତାପ ମହାପାତ୍ର,ଅନୁପ କୁମାର ପଟ୍ଟନାୟକ ଓ ଦିବ୍ୟଜ୍ୟୋତି ନାୟକ ପ୍ରମୁଖ ପୂର୍ବାହ୍ନରେ ଜିଲ୍ଲାପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି ।

# ଗୋଟେ ପରେ ଗୋଟେ ମୁଣ୍ଡ ନେଉଛି ଗୋଠଛଡା ଦନ୍ତା



ଅନୁଗୋଳ, ୨୪।୮(ପି.ଏନ):ଅନୁଗୋଳ ଜିଲ୍ଲାରେ ହାତୀର ଦୌରାତ୍ମ୍ୟ ଦିନକୁ ଦିନ ବଢିବାରେ ଲାଗିଛି କ୍ଷ ଗୋଟେ ପରେ ଗୋଟେ ମୁଣ୍ଡ ଗଡିଲେ ମଧ୍ୟ ବନ ବିଭାଗର ଚେତା ପଶୁନି କ୍ଷ ଅନୁଗୁଳ ବନ ବିଭାଗ ହାତୀଙ୍କୁ ଘଉଡେଇବାରେ ସମ୍ପୂର୍ଣ୍ଣ ବିଫଳ କ୍ଷ ଯାହା ଫଳରେ ଜନସାଧାରଣ ତଥା ବୁଦ୍ଧିଜୀବୀ ମହଲରେ ବନ ବିଭାଗ ପ୍ରତି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି କ୍ଷ ଆଜି ମଧ୍ୟ ଏପରି ଏକ ଦୁଃଖଦ ଘଟଣା ଘଟିଛି ଅନୁଗୋଳ ସଦର ଥାନା ଅନ୍ତର୍ଗତ କୁମୁରିସିଂହା ପଞ୍ଚାୟତ ପାତେଲୀ ଗ୍ରାମରେ । ପାତେଲୀ ଗ୍ରାମର ଜଣେ ମହିଳା ଝିଲୀ ମାଝୀ(୩୮) ଓ ଜଣେ ବୃଦ୍ଧ ଶଙ୍କର ବିଶ୍ୱାଳ(୬୨) ନାଳକୁ ଶୌଚ ହେବା ପାଇଁ ଯାଇଥିବା ବେଳେ ଗୋଠଛଡା ଦନ୍ତା ହାତୀ ଆକ୍ରମଣର ଶିକାର ହୋଇ ମୃତ୍ୟୁବରଣ କରିଛନ୍ତି କ୍ଷ ଉଭୟଙ୍କ ମୃତ୍ୟୁକୁ ନେଇ ପାତେଲୀ ଗ୍ରାମବାସୀ ଉତ୍ୟକ୍ତ ହୋଇ ବନ୍ତଳା - ଅନୁଗୋଳ ରାସ୍ତାକୁ ଅବରୋଧ କରିଥିଲେ କ୍ଷ ଘଟଣା ସ୍ଥଳରେ ସଦର ଥାନା ପହଞ୍ଚି ଏବଂ ଏ ସି ଏଫ୍ ପହଞ୍ଚି ଉତ୍ୟକ୍ତ ଲୋକମାନଙ୍କୁ ବୁଝା ଶୁଝା କରିଥିଲେ ।ମୃତକଙ୍କ ପରିବାରର ଜଣଙ୍କୁ ଚାକିରି ଏବଂ ୨୦ଲକ୍ଷ୍ୟ ଟଙ୍କା କ୍ଷତି ପୂରଣ ଦେବା ପାଇଁ ଗ୍ରାମବାସୀ ଦାବି କରିଥିଲେ କ୍ଷ ବନ ବିଭାଗ ପକ୍ଷରୁ ପରିବାର ପିଛା ଜଣଙ୍କୁ ୱାଚର୍ ଭାବେ ନିଯୁକ୍ତି ଏବଂ ସରକାରୀ ସହାୟତା ୬ଲକ୍ଷ ଟଙ୍କା ସହିତ ଅନ୍ୟାନ୍ୟ ପାଣ୍ଠିରୁ ୫୦ ହଜାର ଟଙ୍କା ଦେବେ ବୋଲି ବୋଲି ପ୍ରତିଶୃତି ଦେବାରୁ ରାସ୍ତାରୋକ ହଟିଥିଲା। ସେହିପରି ବନ୍ତଳା ଥାନା ଅନ୍ତର୍ଗତ ସାହାରାଗୁଡା ଗ୍ରାମର ଅକ୍ଷୟ ନାଏକଙ୍କୁ ହାତୀ ଆକ୍ରମଣ କରିଥିଲା କିନ୍ତୁ ସେ ଗୁରୁତର ଅବସ୍ଥାରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଚିକିତ୍ସା ହେଉଛନ୍ତି।

# ବାହାନଗା ରେଳ ଦୁର୍ଘଟଣାରୁ କିଛି ଶିଖିଲେନି! ଫାଟକ ନପକାଇ ନିଶାରେ ଶୋଇ ପଡିଲେ କର୍ମଚାରୀ




ଭୁବନେଶ୍ୱର, ୨୪।୮(ପି.ଏନ): ବାହାନଗା ରେଳ ଦୁର୍ଘଟଣାରୁ କିଛି ଶିଖିଲା ନାହିଁ ରେଳ ବିଭାଗ! ବ୍ୟସ୍ତବହୁଳ ଦକ୍ଷିଣ-ପୂର୍ବ ରେଳପଥରେ ଫାଟକ ନପକାଇ ଶୋଇ ପଡିଲେ ନିଶାଖୋର କର୍ମଚାରୀ। ଟ୍ରେନ୍ ଆସୁଥିବା ଦେଖି ଲୋକମାନେ ଫାଟକ ପକାଇଥିଲେ। ବୁଧବାର ରାତିରେ ଏପରି ଘଟଣା ବାଲେଶ୍ୱର ଜିଲ୍ଲା କମରଦ୍ଧା ରୋଡ୍ ରେଳ ଷ୍ଟେସନ୍ ନିକଟରେ ଘଟିଛି। କହିବାକୁ ଗଲେ ଏକ ବଡ ଧରଣର ରେଳ ଦୁର୍ଘଟଣାକୁ ଏଡାଇ ଦିଆଯାଇପାରିଛି। ଦକ୍ଷିଣ-ପୂର୍ବ ରେଳପଥର ଅମରଦ୍ଧାରୋଡ୍ ଓ ବସ୍ତା ଷ୍ଟେସନ ମଧ୍ୟରେ ରହିଛି ନାରଙ୍ଗାବାଜ ରେଳ ଫାଟକ। ବୁଧବାର ରାତିରେ ଲେଭେଲ୍ କ୍ରସିଂରେ କାର୍ଯ୍ୟରତ କର୍ମଚାରୀ ଫାଟକ ପକାଇନଥିଲେ। ସେହି ସମୟରେ ଏକ ମାଲ୍‌ବାହୀ ଟ୍ରେନ୍ ଆସୁଥିବା ଦେଖି ସ୍ଥାନୀୟ ଲୋକେ ଗେଟ୍ ପକାଇ ଥିଲେ। ସ୍ଥାନୀୟ ଲୋକଙ୍କ କହିବାଅନୁସାରେ ଲେଭେଲ୍ କ୍ରସିଂ ଦାୟିତ୍ୱରେ ଥିବା କର୍ମଚାରୀ ଫାଟକ ପକାଇବା ସ୍ଥିତିରେ ନଥିଲେ। ସେ ମଦ ନିଶାରେ ଶୋଇ ପଡିଥିଲେ। ମାଲବାହୀ ଟ୍ରେନ୍ ଲେଭେଲ୍ କ୍ରସିଂ ଅତିକ୍ରମ କରିବା ପରେ ଲୋକମାନେ ଯିବା ଆସିବା କରିଥିଲେ। ଏନେଇ କମରଦ୍ଧା ରୋଡ୍ ଷ୍ଟେସନ୍‌କୁ ଖବର ଦିଆଯାଇଥିଲା। ରେଳ କର୍ମଚାରୀମାନେ ଆସି ସ୍ଥିତି ଅନୁଧ୍ୟାନ କରିଥିବା ଜଣାପଡିଛି।

# ୨୦ ହଜାର କନିଷ୍ଠ ଶିକ୍ଷକଙ୍କ ଠିକା ନିଯୁକ୍ତି ବ୍ୟବସ୍ଥାକୁ ନେଇ ପ୍ରଶ୍ନ ଉଠାଇଲା କଂଗ୍ରେସ

ଭୁବନେଶ୍ୱର, ୨୪।୮(ପି.ଏନ): ଏକ ବର୍ଷ ପାଇଁ ୨୦ ହଜାର କନିଷ୍ଠ ଶିକ୍ଷକଙ୍କ ଠିକା ନିଯୁକ୍ତି ବ୍ୟବସ୍ଥାକୁ ନେଇ ରାଜ୍ୟ ସରକାରଙ୍କ ଉପରେ ବର୍ଷିଲା କଂଗ୍ରେସ । ନିର୍ବାଚନକୁ ଆଖି ଆଗରେ ରଖି ସରକାରଙ୍କ ଏଭଳି ଘୋଷଣା ବୋଲି କଂଗ୍ରେସ ଅଭିଯୋଗ କରିଛି । ଆଜି ଏକ ସାମ୍ବାଦିକ ସମ୍ମିଳନୀରେ କଂଗ୍ରେସ ଦଳର ମୁଖପାତ୍ର ପ୍ରଶାନ୍ତ ଶତପଥୀ, ରଜନୀ ମହାନ୍ତି ଓ କୃଷ୍ଣଚନ୍ଦ୍ର ପତି ଏହା କହିଛନ୍ତି । ସେମାନେ କହିଛନ୍ତି, କମ୍ପ୍ୟୁଟର ଆଧାରିତ ଟେଷ୍ଟ ହେଲେ ବ୍ୟାପକ ଦୁର୍ନୀତି ହେବ । ଏହି ୨୦ ହଜାର ସମେତ ରାଜ୍ୟରେ ଖାଲି ଥିବା ୯୨ ହାଜର ଶିକ୍ଷକ ପଦବୀରେ ସ୍ଥାୟୀ ନିଯୁକ୍ତି କରାଯାଉ ବୋଲି ଦାବି କରିଛି କଂଗ୍ରେସ । ସେମାନେ କହିଛନ୍ତି ଯେ କେନ୍ଦ୍ରର ଅଗ୍ନିବୀର ଭଳି ରାଜ୍ୟ ସରକାର ବିଦ୍ୟାବୀର ନିଯୁକ୍ତି କରିବାକୁ ନିଷ୍ପତି ନେଇଛନ୍ତି ସରକାର । ଖୋଦ୍ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଜନ୍ମଦିନ ଉପଲକ୍ଷେ ସରକାର ଘୋଷଣା କରିଥିଲେ ଯେ ଠିକା ନିଯୁକ୍ତି ଉଚ୍ଛେଦ ହେଲା କିନ୍ତୁ ପୁଣି କାହିଁକି ଠିକା ନିଯୁକ୍ତି ଦେବେ ବୋଲି କହୁଛନ୍ତି । ରାଜ୍ୟର ଶିକ୍ଷା ବ୍ୟବସ୍ଥା ଧୂଳିସାତ ହେଲାଣି । ସ୍କୁଲରେ ଡ୍ରପ ଆଉଟ୍ ବଢୁଛି । ଖାଲି ଘର କାନ୍ଥରେ ୫ଟି ନାଁରେ ରଙ୍ଗ ବୋଲିଲେ ଶିକ୍ଷାର ବିକାଶ ହେବ ନାହିଁ । ତେଣୁ ତୁରନ୍ତ ରାଜ୍ୟ ସରକାର ୯୨ ହାଜର ଖାଲି ଥିବା ଶିକ୍ଷକ ପଦବୀକୁ ସ୍ଥାୟୀ ନିଯୁକ୍ତି ଦେଇ ପୂରଣ କରନ୍ତୁ ବୋଲି ଦାବି କରିଛି କଂଗ୍ରେସ । ଯଦି ଓଡ଼ିଶା ରାଜସ୍ୱ ବଳକା ରାଜ୍ୟ ତାହେଲେ କାହିଁକି ଯୁବକ ଯୁବତୀ ମାନଙ୍କୁ ସ୍ଥାୟୀ ନିଯୁକ୍ତି ନଦେଇ ଠିକା ନିଯୁକ୍ତି ଦିଆଯାଉଛି । ଚୁକ୍ତି ଭିତ୍ତିକ ଶିକ୍ଷକ ମାନଙ୍କୁ ନିର୍ଯାତନା ଦେଉଛନ୍ତି ରାଜ୍ୟ ସରକାର । ଦୀର୍ଘ ବର୍ଷ ଧରି ଶିକ୍ଷକ ପଦବୀ ଖାଲି ପଡିବା ଦ୍ୱାରା ଓଡ଼ିଶାର ଆଗାମୀ ପିଢ଼ିଙ୍କ ଭବିଷ୍ୟତ ବିପଦରେ ପଡ଼ିଛି । ୫ଟି ସଚିବଙ୍କ ହେଲିକପ୍ଟର ଗସ୍ତରେ ଶହ ଶହ କୋଟି ଖର୍ଚ୍ଚ ହେଉଛି ହେଲେ ଶିକ୍ଷା ଭିତ୍ତିଭୂମି ସୁଦୃଢ଼ କରିବା ପାଇଁ ସରକାରଙ୍କ ପାଖରେ ଅର୍ଥ ନାହିଁ କି ବୋଲି ସେମାନେ ପ୍ରଶ୍ନ କରିଛନ୍ତି ।








# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଭାଇଜାନ୍ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଇଛି ନୂଆ ଟେଷ୍ଟା ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। ‘ବିବି ହୋ ଐସି’ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ ‘ବଜରଙ୍ଗୀ ଭାଇଜାନ୍’ ଓ ‘ପ୍ରେମରତନ ଧନ ପାୟୋ’ ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

## ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ



ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ବର୍ଷୀୟ ରୋବର୍ଟ ଟାଡ୍ ଓ ୪୩ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।

## ପୁରାଣ କାହାଣୀ

# ବିଶ୍ୱ ନିର୍ମାଣର ସ୍ରଷ୍ଟା ‘ବିଶ୍ୱକର୍ମା’

ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କନ୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୁତ ହୋଇଥିବାରୁ ସେହିଦିନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।

ବିଶ୍ୱକର୍ମା ବିଶ୍ୱର ବିଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନିୟନ୍ତା, ବାୟରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା ।



ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ପର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୂଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳାକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉହାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୂଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୂମଧାମରେ ପାଳନ କରାଯାଏ ।

# ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ଲୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା’ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଳଭି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ



ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ “ଦି ଇଣ୍ଟରଭ୍ୟୁ ଟାଇମ୍ସ” ପରିବାର ତରଫରୁ ସମ୍ମାନଜନକ “ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି” ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସ୍ୱତନ୍ତ୍ର ସଂଖ୍ୟା “ଭିଜନ୍ ଅଫ୍ ଓଡ଼ିଶା-୨୦୧୯” ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

## ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ି ର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

## ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥ୍‌ରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ



ମାଧମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିଷ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଲିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

# ପର୍ଯ୍ୟବେକ୍ଷକ ମହାନଗର

# ସ୍ମୃତି ଓ ବିସ୍ମୃତିର ଅନ୍ତରାଳେ ନୌବାଣିଜ୍ୟ



ମହାଭାରତୀୟ ପରମ୍ପରାରେ ଓଡ଼ିଆମାନେ ଥିଲେ ଏକ ପ୍ରାଚୀନ ସମ୍ଭ୍ରାନ୍ତ ଜାତି। ଏହି ଜାତିର ବୌଦ୍ଧିକ ଓ ବୈଷୟିକ ଐଶ୍ୱର୍ଯ୍ୟ ଇତିହାସ ପୃଷ୍ଠାରେ ସ୍ୱର୍ଣ୍ଣାକ୍ଷରରେ ଲିପିବଦ୍ଧ। ଏକଦା ଏହି ଓଡ଼ିଆଭାଷୀ ରାଜ୍ୟର ଭୌଗୋଳିକ ସୀମା ସାଧାରଣ ଭାବରେ ଗଙ୍ଗା ଠାରୁ ଗୋଦାବରୀ ପର୍ଯ୍ୟନ୍ତ ସୁବିସ୍ତୃତ ଥିଲା। ବିଭିନ୍ନ ସମୟରେ ରାଜାମାନଙ୍କ ଶାସନ କାଳରେ ପ୍ରାଚୀନ କଳିଙ୍ଗ, ଉତ୍କଳ କିମ୍ବା କୋଶଳର ସୀମା ସାମୟିକ ପରିବର୍ତ୍ତିତ ହୋଇଥିଲା। ତଥାପି ଏହି ତିନିଗୋଟି ରାଜନୈତିକ ବିଭାଗ ବା ତ୍ରିକଳିଙ୍ଗର ଜନସାଧାରଣ ଯେ ଯଶସ୍ୱୀ ଓଡ଼ିଆ ଜାତିଥିଲେ, ଏହା ନିଃସନ୍ଦେହରେ କୁହାଯାଇପାରେ। ଏହି ଜାତି ପାଇଁ ସମୁଦ୍ର ଥିଲା ଏକ ଆହ୍ୱାନ। ସମୁଦ୍ରଯାତ୍ରା ଓ ନୌ-ବାଣିଜ୍ୟ କ୍ଷେତ୍ରରେ ପ୍ରାଚୀନ ଓଡ଼ିଶା ବା କଳିଙ୍ଗର ଭୂମିକା ଭାରତ ଇତିହାସରେ ଏକ ଗୌରବମୟ ଅଧ୍ୟାୟ। ଅତୀତରେ ଏହି କଳିଙ୍ଗ ରାଜ୍ୟର ସୁଦୀର୍ଘ ସମୁଦ୍ର ଉପକୂଳରେ ବହୁ ବନ୍ଦର ଥିଲା। ଏସବୁ ବନ୍ଦରମାନଙ୍କରୁ ସାଧବ ପୁଅମାନେ ସୁଦୂରରୁ ଅନେକ ଦୂର ଦରିଆପାରି ଦେଶମାନଙ୍କରେ ନୌ-ବାଣିଜ୍ୟ କରି ଏ ଦେଶକୁ ଧନଶାଳୀ କରିବା ସଙ୍ଗେ ସଙ୍ଗେ ଭାରତୀୟ ସଂସ୍କୃତି, ସାହିତ୍ୟ ଓ ଶିଳ୍ପ ଭାସ୍କର୍ଯ୍ୟର ପ୍ରଚାର କରିଥିଲେ।




ତେଣୁ ଆଜି ମଧ୍ୟ ଜାତି, ଧର୍ମ, ବର୍ଣ୍ଣ ନିର୍ବିଶେଷରେ ପ୍ରତ୍ୟେକ ଓଡ଼ିଆ କାର୍ତ୍ତିକ ପୂର୍ଣ୍ଣିମା ଅବକାଶରେ ନୌକା ଭସାଇ "ଆ କା ମା ବୈ, ପାନ ଗୁଆ ଥୋଇ/ପାନ ଗୁଆ ତୋର, ମାସକ ଧର୍ମ ମୋର" ଉଚ୍ଚାରଣ ପୂର୍ବକ ନିଜର ସଂସ୍କୃତି, ଐତିହ୍ୟ ଓ ପରମ୍ପରାକୁ ସ୍ମରଣ କରିଥାଏ। ଏହା କେଉଁ କାଳରୁ ଆମ ସାମାଜିକ ଜୀବନର ଚଳଣି ହୋଇ ରହିଆସିଛି, ତାହା ଅବଧାରଣା କରିବା ଅତ୍ୟନ୍ତ କଷ୍ଟକର। ତଥାପି ଏହାକୁ ଅତୀତ ଓଡ଼ିଆ ସାଧବପୁଅର ନୌ-ଯାତ୍ରାର ବାର୍ତ୍ତାବହ କହିଲେ ଅତ୍ୟୁକ୍ତି ହେବ ନାହିଁ। କୁହାଯାଏ କଳିଙ୍ଗ ବଣିକ କାର୍ତ୍ତିକ ପୂର୍ଣ୍ଣିମା ଦିନ ପ୍ରତ୍ୟୁଷରୁ ସ୍ନାନ କରି କଳିଙ୍ଗଜାତ ପାନର ବିନିମୟରେ ଜାଭା ପ୍ରଭୃତି ଅଞ୍ଚଳରୁ ଯେଉଁ ଗୁଆ ଆମଦାନି କରେ, ସେହି ପାନ ଓ ଗୁଆ ଶୁଦ୍ଧ ମନରେ ଗଙ୍ଗାମାତାଙ୍କୁ ସମର୍ପଣ କରି ଧର୍ମର ଦୃଷ୍ଟି ରଖି ବାଣିଜ୍ୟ ନୌକା ମେଲି ଦେଉଥିଲା ଏବଂ ନୌକାପୃଷ୍ଠରେ ଭାସି ଭାସି ତାର ଦେଶରୁ କ୍ରମେ ଅଗ୍ରସର ହେବାବେଳେ ସମବେତ ଆତ୍ମୀୟସ୍ୱଜନଙ୍କୁ ବିଦାୟକାଳୀନ ଇଙ୍ଗିତବାଣୀ ଶୁଣାଉଥିଲା -ଆ କା ମା ବୈ ଅର୍ଥାତ୍ ଆଷାଢ଼ଠାରୁ କାର୍ତ୍ତିକ ମଧ୍ୟରୁ ଫେରିବି, ଭୟ କରନା।



ଏହାର ସ୍ମାରକୀ ସଦୃଶ କାର୍ତ୍ତିକପୂର୍ଣ୍ଣିମା ଦିନ ଓଡ଼ିଶାର ଲୋକାୟତରେ ବୋଇତ ବା ନୌକା ଭସା ଅନୁଷ୍ଠିତ ହୋଇଆସୁଛି। ସମ୍ଭବତଃ ଓଡ଼ିଶା ହେଉଛି ଏକମାତ୍ର ରାଜ୍ୟ ଯେଉଁଠି ଆବାଳବୃଦ୍ଧବନିତା ଧର୍ମ ପାଳନ କଲାଭଳି ନଦୀ ଓ ସମୁଦ୍ରଗୁଡ଼ିକୁ ବର୍ତ୍ତିକା ସମନ୍ୱିତ ବୋଇତ ଭସେଇ ଆଲୋକିତ କରିଥାନ୍ତି। କଦଳୀ ପାଟୁଆରେ ବୋଇତ, ପାନ ଗୁଆ, ବତୀ ଓ ଦୁର୍ବାକ୍ଷତ ଏହାର ଉପକରଣ। ବସ୍ତୁତଃ ଏହି ବୋଇତ ଭସା ନିଶ୍ଚିତଭାବେ ବନ୍ଦାପନାର ଏକ ପ୍ରତୀକ। ଘରକୁ ଧନରତ୍ନ ଧରି ଫେରୁଥିବା ସାଧବମାନଙ୍କ ସମ୍ମାନରେ ଏହା ଅନୁଷ୍ଠିତ ହୋଇଆସୁଛି। ଯାହାଫଳରେ ଆଜିବି ସାଗରପାରି ବାଣିଜ୍ୟର ମହତ୍ତ୍ୱକୁ ଓଡ଼ିଶାବାସୀ ଉପଲବ୍ଧି କରି ଆସୁଛନ୍ତି ଏବଂ ବୋଇତ ଭସାଇ ସେ ସ୍ମୃତିକୁ ଆଲୋକିତ କରି ରଖିଛନ୍ତି। ପ୍ରକୃତପକ୍ଷେ କହିବାକୁ ଗଲେ କଳିଙ୍ଗ ଅଧିବାସୀମାନଙ୍କର ନୌ-ଚାଳନା ଓ ନୌ-ବାଣିଜ୍ୟ ପରମ୍ପରା ଭାରତର ଗୌରବାବହ ଇତିହାସର ଏକ ସମୃଦ୍ଧ ଅଧ୍ୟାୟ। ଭାରତୀୟ ସଂସ୍କୃତିର ପରିପ୍ରସାର ସଙ୍ଗେ ସଙ୍ଗେ ଭାରତ ଓ ଦକ୍ଷିଣ-ପୂର୍ବ ଏସିଆ ମଧ୍ୟରେ ବାଣିଜ୍ୟିକ ସୁସମ୍ପର୍କ ବୃଦ୍ଧି କରିବା ଥିଲା କଳିଙ୍ଗ ନାବିକ ଓ ସାଧବମାନଙ୍କର ବିଶିଷ୍ଟ ଅବଦାନ।

ବସ୍ତୁତଃ କହିବାକୁ ଗଲେ ଓଡ଼ିଶାରେ ନୌ-ବାଣିଜ୍ୟର ପ୍ରସାର ପ୍ରାଗୈତିହାସିକ ଯୁଗରୁ ଆରମ୍ଭ କରି ଶୈଳୋଦ୍ଭବ ରାଜତ୍ୱ ପର୍ଯ୍ୟନ୍ତ ବିଶେଷ ଭାବରେ ରହିଆସିଥିଲା। ଏପରିକି ଭୌମକର ବଂଶର ରାଜାମାନେ ମଧ୍ୟ ଏଥିରେ ପୃଷ୍ଠପୋଷକତା କରିଥିଲେ। ଏହାସହ ସୋମବଂଶୀ ରାଜାମାନେ ଏ ଦିଗରେ ବିଶେଷ ଯତ୍ନବାନ ହୋଇନଥିଲେ ହେଁ ଏହି ପରମ୍ପରା ଅକ୍ଷୁଣ୍ଣ ରହିଥିଲା। ପରନ୍ତୁ ଗଙ୍ଗରାଜାମାନେ ଭୂଭାଗରେ ନିଜ ସାମ୍ରାଜ୍ୟର ସୀମାବିସ୍ତାର କରିବାକୁ ଯତ୍ନବାନ ହୋଇଥିବାରୁ ଓଡ଼ିଶାର ନୌ-ବାଣିଜ୍ୟ ପ୍ରତି ଆଦୌ ଦୃଷ୍ଟି ଦେଇନଥିଲେ। ତେଣୁ ଆମର ନୌ-ବାଣିଜ୍ୟ ଚୋଳ ରାଜାମାନଙ୍କର ଅଧିକାରକୁ ଆସି ଯାଇଥିଲା। କିନ୍ତୁ ଏ ପରିପ୍ରେକ୍ଷୀରେ କହିରଖେ, ଖ୍ରୀଷ୍ଟପୂର୍ବ ୨୬୧ରେ ଇତିହାସପ୍ରସିଦ୍ଧ ମଗଧ ସମ୍ରାଟ ଅଶୋକଙ୍କର କଳିଙ୍ଗଯୁଦ୍ଧ ହୋଇଥିଲା। ତଥାପି ଏହି ଘଟଣାର ବହୁପୂର୍ବରୁ ବହିର୍ବାଣିଜ୍ୟ ତଥା ଅନ୍ତର୍ବାଣିଜ୍ୟରେ କଳିଙ୍ଗବାସୀ ଭାରତବର୍ଷରେ ବେଶ୍ ପ୍ରତିଷ୍ଠିତ ହୋଇସାରିଥିଲେ। କଳିଙ୍ଗର ସୁଦୀର୍ଘ ସମୁଦ୍ର ଉପକୂଳ ଓ ସୁଗଭୀର ନଦୀଗୁଡ଼ିକ ଏ କ୍ଷେତ୍ରରେ ବିଶେଷ ସହାୟକ ହୋଇଥିବା ବୋଲି ସ୍ୱୀକାର୍ଯ୍ୟ। ତେଣୁ ବୋଧହୁଏ ନୌ-ବାଣିଜ୍ୟର ସୁବିଧା ହାସଲ ପାଇଁ ମଗଧସମ୍ରାଟ କଳିଙ୍ଗ ଆକ୍ରମଣ କରିଥାଇପାରନ୍ତି। ଏପରିକି ଅଶୋକଙ୍କ ବହୁପୂର୍ବରୁ କଳିଙ୍ଗର ଅଧିବାସୀ ବ୍ରହ୍ମଦେଶର ପେରୁ ଅଞ୍ଚଳରେ ଉପନିବେଶ ସ୍ଥାପନ କରିସାରିଥିଲେ। ଏହାସହ ଚୀନ ପରିବ୍ରାଜକ ମେଘାସ୍ଥିନିସ୍ କହନ୍ତି-ଚୀନ ଦେଶ ସହିତ ବହୁ ପ୍ରାଚୀନ କାଳରୁ କଳିଙ୍ଗର ବାଣିଜ୍ୟ ବ୍ୟବସାୟ ଚାଲିଆସିଥିଲା। ଚୀନ ଲୋକମାନେ ବାଣିଜ୍ୟ କରୁଥିବା ଭାରତୀୟମାନଙ୍କୁ କୁନ୍-ଲୋକ ବୋଲି କହୁଥିଲେ। ଯାହା କଳିଙ୍ଗ ଶବ୍ଦର ନାମାନ୍ତର ମାତ୍ର। ସେ କହିବା ପ୍ରକାରେ ସିଂହଳ ଓ କଳିଙ୍ଗ ମଧ୍ୟରେ ହାତୀର ବାଣିଜ୍ୟ ପ୍ରଚଳନ ଥିଲା। ଗ୍ରୀକ୍ ଐତିହାସିକମାନଙ୍କ ମତରେ-ପ୍ରଥମ ଓ ଦ୍ୱିତୀୟ ଶତାବ୍ଦୀରେ ଭାରତର ପୂର୍ବ ଉପକୂଳରେ ବହୁ ଉନ୍ନତଧରଣର ବନ୍ଦର ବିକାଶ ଲାଭ କରିଥିଲା। ସେଗୁଡ଼ିକ ହେଲା- କାଲିଚି (କୋରକେଇ), କାମରା (କାବେରୀ ପର୍ତ୍ତନମ୍), ପୋଡୁରୁ (ପଣ୍ଡିଚେରୀ), ସପତମା (ମସୁଲିପଟ୍ଟମ୍), କଣ୍ଟକ ଶିଳାଇ (ଘଣ୍ଟଶିଳା), ପିଟୁଣ୍ଡ (ପିଥୁଣ୍ଡ), ପଲୌର (ପାଲୁର-ଦନ୍ତପୁର), ଗଙ୍ଗେ (ଗୋପାଳପୁର) ଓ ତାମଲିପି (ତାମ୍ରଲିପ୍ତି)। ପ୍ରଥମ ତିନୋଟିକୁ ବାଦ୍‌ଦେଲେ ଅନ୍ୟ ସମସ୍ତ ବନ୍ଦର କଳିଙ୍ଗ ଉପକୂଳରେ ଅବସ୍ଥିତ ଥିଲା ଓ ସେଗୁଡ଼ିକ ମଧ୍ୟରେ ପାଲୁର ଥିଲା ସର୍ବବୃହତ୍। ଏପରିକି ଭୌଗୋଳିକ ଟୋଲେମୀ ପାଲୁର ବନ୍ଦରକୁ ସେକାଳର ସମୁଦ୍ରଗାମୀ ନୌକାଗୁଡ଼ିକର ଏକ ବିଶିଷ୍ଟ କେନ୍ଦ୍ର ରୂପେ ବର୍ଣ୍ଣନା କରିଛନ୍ତି। ଏହି ବିବରଣୀରୁ ସ୍ପଷ୍ଟ ଅନୁମେୟ ଯେ, ସେ କାଳରେ ପାଲୁରଠାରୁ ସମୁଦ୍ର ଭିତରକୁ ପ୍ରବେଶ କରିବା ସମ୍ଭବପର ହେଉଥିଲା ଓ ସମୁଦ୍ର ମଧ୍ୟ ଦେଇ ବ୍ରହ୍ମଦେଶ, ଶ୍ୟାମ (ଥାଇଲାଣ୍ଡ), ତାମ୍ରପର୍ଣ୍ଣୀ (ସିଂହଳ), ସୁବର୍ଣ୍ଣଦ୍ୱୀପ (ଜାଭା), କମ୍ବୋଡ଼, ଚମ୍ପା (ଆଧୁନିକ ଭିଏତ୍‌ନାମର ଅଞ୍ଚଳ) ଦେଶମାନଙ୍କ ସହ ସମ୍ପର୍କ ପ୍ରତିଷ୍ଠା କରିବାରେ କଳିଙ୍ଗର ନାବିକ ଓ ବଣିକମାନେ କୃତିତ୍ୱ ଅର୍ଜନ କରିଥିଲେ। ଯାହାଫଳରେ କଳିଙ୍ଗର ଅର୍ଥନୈତିକ ବିକାଶ ସଙ୍ଗେ ସଙ୍ଗେ ଧର୍ମ ଓ ସଂସ୍କୃତିର ପ୍ରସାର ମଧ୍ୟ ହୋଇପାରିଥିଲା।

ଏପରିକି ବୌଦ୍ଧଧର୍ମର ଅଭ୍ୟୁଦୟ କାଳରେ ତାମ୍ରଲିପ୍ତି, ଚେଲିତାଲୋ ପ୍ରଭୃତି ପ୍ରସିଦ୍ଧ ବନ୍ଦର ଥିବାର ଜଣାଯାଏ। ଖ୍ରୀଷ୍ଟୀୟ ତୃତୀୟ ଶତାବ୍ଦୀରେ କଳିଙ୍ଗରାଜ ଗୁହଶିବଙ୍କ ଦୁହିତା ହେମମାଳା ଓ ଜାମାତା ଦନ୍ତକୁମାର କଳିଙ୍ଗରେ ପୂଜିତ ବୁଦ୍ଧଦେବଙ୍କ ଦନ୍ତକୁ ନେଇ ସିଂହଳରେ ପହଞ୍ଚିଥିଲେ। ଚୀନ ଦେଶ ସହ କଳିଙ୍ଗର ନୌ-ସମ୍ପର୍କ ଅତିଶୟ ପ୍ରାଚୀନ। ଖ୍ରୀଷ୍ଟୀୟ ଚତୁର୍ଥ ଶତାବ୍ଦୀରେ ଚୀନ ପରିବ୍ରାଜକ ଫାହିୟାନ କଳିଙ୍ଗର ତାମ୍ରଲିପ୍ତି ବନ୍ଦରରୁ ସିଂହଳ ଯାଇ ସେଠାରୁ କଳିଙ୍ଗ ଜାହାଜରେ ଜାଭା ବାଟ ଦେଇ ସ୍ୱଦେଶକୁ ଫେରିଥିଲେ। ସେହିପରି ସପ୍ତମ ଶତାବ୍ଦୀରେ ହୁଏନ୍‌ସାଂ ଓଡ଼ିଶା ଭ୍ରମଣରେ ଆସିଥିବା ସମୟରେ ପ୍ରତ୍ୟକ୍ଷଦର୍ଶୀ ଭାବରେ ଚେଲିତାଲୋ ବିଷୟ ବର୍ଣ୍ଣନା କରିଅଛନ୍ତି। ଏହାସହ ନବମ ଓ ଦଶମ ଶତାବ୍ଦୀ ବେଳକୁ ବଙ୍ଗୋପସାଗରରେ ଆରବ ନାବିକ ଓ ବଣିକମାନଙ୍କର ଆବିର୍ଭାବ ହେଲା। ସେମାନେ ଓଡ଼ିଶାକୁ ଉରସିନ ବା ରସଫିନ୍ ନାମରେ ଉଲ୍ଲେଖ କରିବା ସହିତ ସମୁଦ୍ର ସଙ୍ଗେ ସମ୍ପୃକ୍ତ କରିଅଛନ୍ତି।

ପ୍ରକୃତପକ୍ଷେ କହିବାକୁ ଗଲେ ଓଡ଼ିଶାର ନୌବାଣିଜ୍ୟ ପରମ୍ପରା ଅତି ପୁରାତନ। ଏହାର ଉପକୂଳ ସୁଦୀର୍ଘ ଅଟେ। ଏହାସହ ଏଠାରେ ଅବସ୍ଥିତ ବହୁତଗୁଡ଼ିଏ ବନ୍ଦର ଆନ୍ତର୍ବାଣିଜ୍ୟ ଓ ବହିର୍ବାଣିଜ୍ୟ ପାଇଁ ସୁପ୍ରସିଦ୍ଧ। ସମୁଦ୍ର ପଥରେ ଦୂରଦେଶକୁ ଯାଇ ବଣିକମାନେ ବହୁତ ଧନ ସମ୍ପତ୍ତିରେ ଏ ଦେଶକୁ ଧନୀ ଓ ସମୃଦ୍ଧିଶାଳୀ କରିଥିଲେ। ପଞ୍ଚଦଶ ଶତାବ୍ଦୀ ବେଳକୁ ଓଡ଼ିଶାର ବନ୍ଦରମାନଙ୍କରୁ ମାଲକ୍କାକୁ ବସ୍ତ୍ରାଦି ଦ୍ରବ୍ୟମାନ ରପ୍ତାନୀ ହେଉଥିଲା। ଷୋଡ଼ଶ ଶତାବ୍ଦୀ ବେଳକୁ ବାଣିଜ୍ୟ କାରବାର ମଧ୍ୟ ପ୍ରାଚ୍ୟ ଦେଶର ଲୋହିତସାଗର ଉପକୂଳସ୍ଥ ଆଡେନ ଓ ଜେଡ଼ାବନ୍ଦର ବ୍ୟତୀତ ବନ୍ତାମ୍, ପେଗୁ, ଟେନାସରିମ ଓ ଆଚିନ ଆଦି ବନ୍ଦର ସହିତ ସମ୍ପର୍କ ସ୍ଥାପନ କରିପାରିଥିଲା। ଷୋଡ଼ଶ ଶତାବ୍ଦୀର ପ୍ରାରମ୍ଭରେ ଇଉରୋପୀୟ ବଣିକମାନେ ଓଡ଼ିଶା ଉପକୂଳ ସହିତ ପରିଚିତ ହେଲେ ଏବଂ ପରେ ପରେ ବାଣିଜ୍ୟ କାରବାରରେ ଲିପ୍ତ ରହିଲେ। ପର୍ତ୍ତୁଗୀଜ, ଓଲନ୍ଦାଜ, ଦୀନାମାର ଓ ଫରାସୀ ବଣିକ କମ୍ପାନୀଙ୍କର ବାଣିଜ୍ୟିକ ସଂସ୍ଥାମାନ ଓଡ଼ିଶା ଉପକୂଳରେ ଗଢ଼ିଉଠିଥିଲା। କିନ୍ତୁ ସପ୍ତଦଶ ଶତାବ୍ଦୀରେ ଭାରତୀୟ ବଣିକମାନେ ଇଂରେଜ କମ୍ପାନୀର ସୁରକ୍ଷା ବଳୟ ମଧ୍ୟରେ ରହିଥିଲେ।

ମୋଟ ଉପରେ କହିବାକୁ ଗଲେ ବାଣିଜ୍ୟ ସୂତ୍ରରେ କଳିଙ୍ଗ ଭୂମି ଉଭୟ ପ୍ରାଚ୍ୟ ଓ ପାଶ୍ଚାତ୍ୟ ଭୂଖଣ୍ଡ ସହିତ ବହୁକାଳ ପର୍ଯ୍ୟନ୍ତ ନିବିଡ଼ ଭାବରେ ସମ୍ପୃକ୍ତ ରହିଥିଲା। କିନ୍ତୁ ଏହି ନୌବାଣିଜ୍ୟର ଐତିହ୍ୟ ଅଷ୍ଟାଦଶ ଶତାବ୍ଦୀ ପର୍ଯ୍ୟନ୍ତ କୌଣସି ପ୍ରକାରେ ତିଷ୍ଠି ରହିଥିଲା। ଇଂରେଜମାନେ ଓଡ଼ିଶା ଅଧିକାର କଲାପରେ ବହୁ ବନ୍ଦର ଲୁପ୍ତପ୍ରାୟ ହୋଇଯାଇଥିଲା। ଯେଉଁ କେତେକ ନାମକୁ ମାତ୍ର ଥିଲା, ସେଗୁଡ଼ିକ ଇଂରେଜ ସରକାରଙ୍କର ସମ୍ପୂର୍ଣ୍ଣ ଅକ୍ତିଆରରେ ରହି କେବଳ ସରକାରୀ କାର୍ଯ୍ୟରେ ନିୟୋଜିତ ହେଉଥିଲା। ଫଳତଃ ପ୍ରାଚୀନ ପ୍ରଧାନ ବନ୍ଦରଗୁଡ଼ିକ ବିସ୍ମୃତି ଗର୍ଭରେ ଲୀନ ହୋଇଗଲା।



ପରିଶେଷରେ ଏତିକି କହିଲେ ଯଥେଷ୍ଟ ହେବ, ଓଡ଼ିଶାର ସାମୁଦ୍ରିକ ବାଣିଜ୍ୟ କାରବାର ଅତି ପୁରାତନ। ଏହାର ଉପକୂଳ ସୁଦୀର୍ଘ ଅଟେ ଏବଂ ଏଠାରେ ଅବସ୍ଥିତ ବହୁତ ବନ୍ଦର ଆନ୍ତର୍ବାଣିଜ୍ୟ ତଥା ବହିର୍ବାଣିଜ୍ୟ ପାଇଁ ସୁପ୍ରସିଦ୍ଧ। ଏସବୁ ସତ୍ତ୍ୱେ ନୌ-ବାଣିଜ୍ୟର ସେ ପୁରାତନ ପରମ୍ପରା ଆଉ ନାହିଁ। ତଥାପି ଓଡ଼ିଶାର ଜନସାଧାରଣ 'ଆ-କା-ମା-ବୈ' ଉଚ୍ଚାରଣ ସହ କାର୍ତ୍ତିକ ପୂର୍ଣ୍ଣିମା ଉତ୍ସବଟିକୁ ସେହି ପରମ୍ପରାର ଏକ ଚିରନ୍ତନ ସ୍ମୃତି ରୂପେ ଅଦ୍ୟାପି ବହନ କରି ଆସୁଛନ୍ତି।

**ଡକ୍ଟର ମନୋରଞ୍ଜନ ବିଷୋୟୀ,** ସ୍ନାତକୋତ୍ତର ଓଡ଼ିଆ ବିଭାଗ, ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ, ସମ୍ପର୍କ-୮୮୯୫୧୪୧୭୨୭

# ଆଧ୍ୟାତ୍ମିକ ଆଲୋଚନାରେ ତୁଳସୀ ବିବାହ

ପ୍ରାଚୀନ କାଳରେ ଶଙ୍ଖଚୂଡ଼ ନାମରେ ଏକ ଅତ୍ୟାଚାରୀ ଦୈତ୍ୟ ଥିଲା। ତା'ର ପତ୍ନୀର ନାମ ଥିଲା ବୃନ୍ଦା। ବୃନ୍ଦା ଥିଲା ଜଣେ ପତିବ୍ରତା ମହିଳା। ଏହି କାରଣରୁ ଶଙ୍ଖଚୂଡ଼ର ପରାକ୍ରମ ଏବଂ ତେଜ ଅଧିକ ବଳଶାଳୀ ଥିଲା। ଏହିପରି ଶଙ୍ଖଚୂଡ଼ ଦେବ, ମାନବ ଉପରେ ଅତ୍ୟାଚାର ଚଳାଇଲା। ସମସ୍ତଙ୍କୁ ଯୁଦ୍ଧରେ ଜିତିନେଲା। ଦେବରାଜ ଇନ୍ଦ୍ରଙ୍କୁ ସ୍ୱର୍ଗ ଛାଡ଼ିବାକୁ ପଡ଼ିଲା। ଶଙ୍ଖଚୂଡ଼ର ଅତ୍ୟାଚାରରେ ଅତିଷ୍ଠ ହୋଇ ସମସ୍ତ ଦେବଗଣ ଭଗବାନ ବିଷ୍ଣୁଙ୍କ ଶରଣାପନ୍ନ ହେଲେ। ଶଙ୍ଖଚୂଡ଼ର ଅତ୍ୟାଚାରରୁ ମୁକ୍ତି ପାଇଁ ଗୁହାରି କଲେ। ଦେବଗଣ ଶ୍ରୀହରିଙ୍କୁ କହିଲେ ଯେ ଶଙ୍ଖଚୂଡ଼ର ପତ୍ନୀ ବୃନ୍ଦା ଜଣେ ପତିବ୍ରତା ନାରୀ, ତାର ସତୀତ୍ୱ ନଷ୍ଟ କରିଦେଲେ ଶଙ୍ଖଚୂଡ଼ର ପରାକ୍ରମୀ ତେଜ ନଷ୍ଟ ହୋଇଯିବ। ଫଳରେ ତାକୁ ହରାଇବା ସହଜସାଧ ହୋଇପଡ଼ିବ। ଶେଷରେ ଶ୍ରୀହରି ବିଷ୍ଣୁ ଶଙ୍ଖଚୂଡ଼ ବେଶ ଧାରଣ କରି ବୃନ୍ଦା ନିକଟକୁ ଗଲେ। ବୃନ୍ଦା ଭଗବାନ ବିଷ୍ଣୁଙ୍କ ମାୟା ଜାଣିପାରିଲା ନାହିଁ। ଭଗବାନ ବିଷ୍ଣୁଙ୍କୁ ସେ ନିଜ ପତି ବୋଲି ଭାବିଲା। ଫଳରେ ତାର ସତୀତ୍ୱ ନଷ୍ଟ ହୋଇଗଲା। ଅନ୍ୟପଟେ ଯୁଦ୍ଧଭୂମିରେ ଦେବତାଙ୍କ ସହିତ ଲଢୁଥିବା ପରାକ୍ରମୀ ଶଙ୍ଖଚୂଡ଼ର ତେଜ ନଷ୍ଟ ହୋଇଯିବା ଫଳରେ ସେ ଯୁଦ୍ଧଭୂମିରେ ମୃତ୍ୟୁବରଣ କଲା। ଏହି ସମସ୍ତ ଘଟଣା ସମ୍ପର୍କରେ ଜାଣିବା ପରେ ବୃନ୍ଦା ଦୁଃଖରେ ଭାଙ୍ଗିପଡ଼ିଲା। ସେ ଶ୍ରୀହରିଙ୍କୁ ଅଭିଶାପ ଦେଇ କହିଲା ଯେ ମୋ ସହିତ ଛଳ କରିଥିବାରୁ ତୁମକୁ ମୃତ୍ୟୁଲୋକରେ ଜନ୍ମ ନେବାକୁ ପଡିବ ଏବଂ ପତ୍ନୀବିୟୋଗ ସହିବାକୁ ହେବ। ଏହା କହି ବୃନ୍ଦା ନିଜ ପତିଙ୍କ ସହିତ ସତୀ ହୋଇଗଲା।



ଯେଉଁ ସ୍ଥାନରେ ବୃନ୍ଦା ସତୀ ହୋଇଗଲା ସେଠାରେ ଏକ ତୁଳସୀ ବୃକ୍ଷ ଉଠିଲା। ସେବେଠାରୁ ବୃନ୍ଦା ତୁଳସୀ ନାମରେ ପୂଜା ପାଇବାକୁ ଲାଗିଲେ। ଅନ୍ୟ ଏକ ପୌରାଣିକ ଆଖ୍ୟାନ ଅନୁଯାୟୀ, ଶ୍ରୀହରିଙ୍କୁ ପଥର ହୋଇଯିବା ଲାଗି ବୃନ୍ଦା ଅଭିଶାପ ଦେଇଥିଲା। ଅନ୍ୟପଟେ ବୃନ୍ଦାକୁ ତୁଳସୀ ବୃକ୍ଷରେ ପରିଣତ ହୋଇ ପୂଜା ପାଇବା ଲାଗି ଶ୍ରୀହରି ବରଦାନ ଦେଇଥିଲେ। ଯେଉଁ ମଣିଷ ଶ୍ରୀବିଷ୍ଣୁଙ୍କ ସହିତ ତୁଳସୀ ବିବାହ ପୂଜା କରାଇବ ସେ ମୃତ୍ୟୁ ପରେ ପରମଧାମ ପ୍ରାପ୍ତ କରିବ ବୋଲି ଶ୍ରୀବିଷ୍ଣୁ ବରଦାନ ଦେଇଥିଲେ। ତେଣୁ ପ୍ରତ୍ୟେକ ବର୍ଷ କାର୍ତ୍ତିକ ଶୁକ୍ଳ ଏକାଦଶୀ ତିଥିରେ ତୁଳସୀ ବିବାହ ଉତ୍ସବ ଅନୁଷ୍ଠିତ ହୋଇଥାଏ।

କାର୍ତ୍ତିକ ଶୁକ୍ଳ ପକ୍ଷ ଏକାଦଶୀରେ ଭାରତର ଅଧିକାଂଶ ଅଞ୍ଚଳରେ ତୁଳସୀ ବିବାହ ପାଳିତ ହୁଏ। ହିନ୍ଦୁ ପୁରାଣ ଅନୁଯାୟୀ ତୁଳସୀ ହେଉଛନ୍ତି ବିଷ୍ଣୁପ୍ରିୟା। ତୁଳସୀ ପତ୍ର ବିନା ବିଷ୍ଣୁ ପୂଜନ ସଂପୂର୍ଣ୍ଣ ହୁଏନାହିଁ। ହିନ୍ଦୁଧର୍ମ ଅନୁଯାୟୀ ଦୁହେଁ ପତି-ପତ୍ନୀ। ଏହି ଦିନରେ ସାଧାରଣତଃ ବିଷ୍ଣୁ ପ୍ରତିମା ବା ଶାଳଗ୍ରାମ ସହ ତୁଳସୀ ପତ୍ର ମଧ୍ୟରେ ବୈଦିକ ରୀତିରେ ବିବାହ ଅନୁଷ୍ଠିତ ହୁଏ। କିମ୍ବଦନ୍ତୀ ଅନୁଯାୟୀ ଜଳନ୍ଧର ରାକ୍ଷସର ପତ୍ନୀ ବୃନ୍ଦା ଥିଲେ ଅତ୍ୟନ୍ତ ପତିବ୍ରତା। ତେଣୁ କେହି ଜଳନ୍ଧରକୁ ପରାଜିତ କରିପାରୁ ନଥିଲେ। ଦେବଗଣ ବାରମ୍ବାର ପରାଜିତ ହୋଇ ଭଗବାନ ବିଷ୍ଣୁଙ୍କ ଶରଣ ପଶିଲେ। ବୃନ୍ଦାଙ୍କ ପତିବ୍ରତା ଧର୍ମ ନ ଭାଙ୍ଗିଲେ ଏହା ସମ୍ଭବ ନଥିଲା। ଏହି କାମଟିକୁ ବିଷ୍ଣୁ ତୁଲାଇଲେ ଏବଂ ପରିଣାମସ୍ୱରୂପ ରଣାଙ୍ଗନରେ ଜଳନ୍ଧର ନିହତ ହେଲା। ବୃନ୍ଦା ଏହା ଜାଣିବା ପରେ ମୃତ୍ୟୁଲୋକରେ ଜନ୍ମ ହେବା ପାଇଁ ଭଗବାନଙ୍କୁ ଅଭିଶାପ ଦେବା ସହ ଅଗ୍ନିରେ ନିଜକୁ ଝାସ ଦେଇ ସତୀ ହୋଇଥିଲେ। ସେହି ସ୍ଥାନରେ ଜନ୍ମ ହୋଇଥିଲା ତୁଳସୀ ଗଛ। ଅନ୍ୟ ଏକ କିମ୍ବଦନ୍ତୀ ଅନୁଯାୟୀ କଳାପଥର ପାଲଟିବାକୁ ସେ ଶାପ ଦେଇଥିଲେ। ଆଉ ପଥର ସହ ତାଙ୍କର ବିବାହ କରାଇବା ପାଇଁ ଭଗବାନ ବର ଦେଇଥିଲେ। ଯେଉଁ ମଣିଷ ତୁଳସୀ ସହ ଶାଳଗ୍ରାମର ବିବାହ କରାଇବେ, ତାଙ୍କୁ ପରମ ଧାମ ପ୍ରାପ୍ତି ହେବ। ଏହା ବିଷ୍ଣୁ ଓ ମହାଲକ୍ଷ୍ମୀଙ୍କ ମଧ୍ୟରେ ପ୍ରତୀକାତ୍ମକ ବିବାହ।

**—ଶ୍ୟାମସୁନ୍ଦର ସାମଲ,** ଶ୍ରୀସତ୍ୟସାଇ ସେବା ସମିତି, କଟକ, ଦୂରଭାଷ : ୯୭୭୮୬୩୫୯୨୬/୮୨୮୦୯୬୩୨୮୩

# ଭାରତ ଯୋଡ଼- ଓଡ଼ିଶା ପରିବର୍ତ୍ତନ ଯାତ୍ରା



ଭୁବନେଶ୍ୱର ପିଏନ୍)-ଗତକାଲି ସକାଳ ଓଡ଼ିଶା ପରିବର୍ତ୍ତନ ଯାତ୍ରାର ଦ୍ୱିତୀୟ ଦିନରେ ଫୁଲନଖରା ସ୍ଥିତ ଲଖେଶ୍ୱର ମନ୍ଦିର ଠାରୁ ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀଯୁକ୍ତ ଶରତ ପଟ୍ଟନାୟକଙ୍କ ନେତୃତ୍ୱରେ ଆରମ୍ଭ ହେଲା। କଟକ ଜିଲ୍ଲା ସୀମାରେ ନଖରାଛକ ପୂର୍ବରୁ କଟକ ଜିଲ୍ଲା କଂଗ୍ରେସ ସଭାପତି ଶ୍ରୀ ମାନସ ଚୌଧୁରୀ ଏବଂ କଟକ ନଗର ଜିଲ୍ଲା କଂଗ୍ରେସ ସଭାପତି ଶ୍ରୀ ସୁରେଶ କୁମାର ମହାପାତ୍ର ଶ୍ରୀ ପଟ୍ଟନାୟକଙ୍କୁ ସ୍ୱାଗତ କରିବା ସହିତ ପଦଯାତ୍ରୀଙ୍କ ସହିତ ଯୋଡ଼ି ହୋଇ ପଦଯାତ୍ରା କରିଥିଲେ। ହଜାର ହଜାର କଂଗ୍ରେସ ନେତୃବର୍ଗ, କର୍ମୀ ଓ ସାଧାରଣ ଜନତା ଏହି ଭାରତ ଯୋଡ଼ ପରିବର୍ତ୍ତନ ଯାତ୍ରାରେ ସାମିଲ ହୋଇଥିଲେ। ପିର ବଜାର ସ୍ଥିତ ଦରଘାରେ ଚାଦର ଚଢ଼ାଇ ଏବଂ ନିକଟସ୍ଥ ହନୁମାନ ମନ୍ଦିରରେ ଶ୍ରୀ ପଟ୍ଟନାୟକ ଓ ଅନ୍ୟ ବରିଷ୍ଠ ନେତୃବର୍ଗ ପୂଜାର୍ଚ୍ଚନା ଓ ପ୍ରାର୍ଥନା କରି ଆଶୀର୍ବାଦ ଭିକ୍ଷା କରିଥିଲେ। ଯାତ୍ରା ଯେତେ ଆଗକୁ ଆଗକୁ ଯାଉଥିଲା ଜନସମାଗମ ସେମିତି ବଢ଼ି ବଢ଼ି ଚାଲିଥିଲା। ତେଲଙ୍ଗାପେଣ୍ଠ ଓ ପ୍ରତାପନଗରୀ ଠାରେ ଶ୍ରୀ ପଟ୍ଟନାୟକଙ୍କୁ ସାଧାରଣ ଜନତା ତଥା କଟକ ଜିଲ୍ଲା କଂଗ୍ରେସ ନେତୃବୃନ୍ଦ ସ୍ୱାଗତ କରିବା ସହିତ ପଦଯାତ୍ରାରେ ଯୋଗଦେଇଥିଲେ। ପ୍ରଥମାର୍ଦ୍ଧରେ ଏହି ପଦଯାତ୍ରା ୧୨ କି.ମି. ଅତିକ୍ରମ କରି କଟକ ଗୋପାଳପୁର ଠାରେ ମଧ୍ୟାହ୍ନ ଭୋଜନ ପାଇଁ ବିରତି ନେଇଥିଲେ। ଅପରାହ୍ନରେ ପଦଯାତ୍ରା ଆରମ୍ଭ ହୋଇ ଏହା ଜଗତପୁର ଛକଠାରେ ପଂହଚିବା ପରେ ଦ୍ୱିତୀୟ ଦିନର ଯାତ୍ରା ଶେଷହେଲା। ରାସ୍ତାରେ ଶ୍ରୀ ପଟ୍ଟନାୟକ ସଂଖ୍ୟାଲଘୁ ସଂପ୍ରଦାୟର ବହୁ ନେତୃବର୍ଗ, ଆଇନଜୀବୀ, କୃଷକ, ଶ୍ରମିକ ଓ ସାମାଜିକ କର୍ମୀମାନଙ୍କୁ ଭେଟି ଆଲୋଚନା କରିଥିଲେ। ଶ୍ରୀ ପଟ୍ଟନାୟକ ସାମ୍ବାଦିକମାନଙ୍କ ପ୍ରଶ୍ନର ଉତର ଦେଇ କହିଥିଲେ ଯେ ଭାରତ ଯୋଡ଼ ପରିବର୍ତ୍ତନ ଯାତ୍ରାର ମୂଳ ଉଦ୍ଦେଶ୍ୟ ଓଡ଼ିଶାର ଦୀର୍ଘ ୨୨ ବର୍ଷ ଓ କେନ୍ଦ୍ରର ୮ ବର୍ଷର ଏକ କଳଙ୍କିତ, ଦୁର୍ନୀତିଖୋର, ଭ୍ରଷ୍ଟାଚାରୀ, ଗଣତନ୍ତ୍ର ଓ ସମ୍ବିଧାନ ବିରୋଧି ସରକାର ବିରୁଦ୍ଧରେ ଜନସଚେତନତା କରିବା। ଏ ରାଜ୍ୟର ଯୁବକ ଆଜି ଦିଶାହୀନ। କୃଷକ, ଶ୍ରମିକ, ସ୍ୱଳ୍ପଆୟକାରୀ ବର୍ଗ, ମଧ୍ୟବିତ ଆୟକାରୀ ବର୍ଗ ଉପେକ୍ଷିତ ଓ ଅତ୍ୟାଚାରିତ। ମହିଳାମାନେ ଆଜି ଅସୁରକ୍ଷିତ। ହଜାର ହଜାର ସଂଖ୍ୟାର ଲୋକ ଆଜି ଦାଦନ ଖଟିବାକୁ ଯାଉଛନ୍ତି। ୨୨ ବର୍ଷରେ ଗୋଟିଏ ବି କୃଷିଭିତ୍ତିକ ଶିଳ୍ପ ହୋଇପାରିଲା ନାହିଁ। କେବଳ ଗଣମାଧ୍ୟମରେ ବଂଚିବା ପାଇଁ ଶହ ଶହ ଏମଓୟୁ ଦସ୍ତଖତ କରାଯାଉଛି କିନ୍ତୁ ଆଜି ପର୍ଯ୍ୟନ୍ତ ଗୋଟିଏ ବି ଫଳବତୀ ହେଲା ନାହିଁ। କୃଷକର ଆୟ ଦ୍ୱିଗୁଣିତ କରିବାପାଇଁ ୨୦୧୨ ସୁଦ୍ଧା ପ୍ରତିଶ୍ରୁତି ପୂରଣ ହେଲା ନାହିଁ ସତ ୨୦୨୨ ବେଳକୁ ଆମ ରାଜ୍ୟର କୃଷକର ଆୟ ସାରା ଭାରତବର୍ଷର ସର୍ବନିମ୍ନ ହେଲା ଏହା ହେଉଛି କୃଷକମାନଙ୍କ ପ୍ରତି ନିଷ୍ଠା ଓ ଦାୟିତ୍ୱ। ବାସହୀନଙ୍କୁ ଗୃହଉପଯୋଗୀ ଜମି ଓ ବାସହରାଙ୍କ ମୁଣ୍ଡ ଗୁଂଜିବା ପାଇଁ ସମସ୍ତଙ୍କୁ ୨୦୨୨ ସୁଦ୍ଧା ସମସ୍ତଙ୍କୁ ପକ୍କାଘର ଯୋଗାଇ ଦିଆଯାଇଥିଲେ ମଧ୍ୟ ଆଜିବି ଲକ୍ଷ ଲକ୍ଷ ଲୋକଙ୍କ ମୁଣ୍ଡ ଉପରେ ଛାତ ଘର ନାହିଁ। ସବୁ ପ୍ରତିଶ୍ରୁତିଗୁଡ଼ିକ କେବଳ ପ୍ରତିଶ୍ରୁତିରେ ରହିଯାଉଛି। ମାଳ ମାଳ ଯୋଜାନ କିନ୍ତୁ ଫଳ କିଛି ନାହିଁ। ଖାଉଟି ମୁଦ୍ରାସ୍ଫୀତି ଆଜି ୭.୪୧ରେ ପଂହଚିଲାଣି। ମହଙ୍ଗାମାଡ଼ରେ ଓଡ଼ିଶା ଲୋକଙ୍କ ଅଂଟା ଭାଙ୍ଗିଗଲାଣି। ବିଶ୍ୱ କ୍ଷୁଧା ସୂଚକାଙ୍କ ତାଲିକା ଅନୁସାରେ ଭାରତର ସ୍ଥାନ ଆଜି ୧୦୭, ୧୨୨ ରାଷ୍ଟ୍ର ମଧ୍ୟରୁ। ବେରୋଜଗାର ୪୫ ବର୍ଷର ରେକର୍ଡକୁ ଅତିକ୍ରମ କରିସାରିଛି। ଭାରତୀୟ ଟଙ୍କାର ବିନିମୟ ମୂଲ୍ୟ ଆମେରିକୀୟ ଡଲାର ତୁଳନରେ ଆଜି ୮୨.୭୯ ପଇସାରେ ପଂହଚିଲାଣି। ତଥାପି ନରେନ୍ଦ୍ର ମୋଦି ବିଶ୍ୱଗୁରୁ ବୋଲି ବୋଲାଉଛନ୍ତି। ଏହି ଦୀର୍ଘ ୮ ବର୍ଷ ଧରି ଆତ୍ମପ୍ରଚାର ଓ ଭାରତକୁ ହିଂସା, ଦ୍ୱେଷ, ଘୃଣା, ସାଂପ୍ରଦାୟିକତା ସୃଷ୍ଟି କରି ଭାରତକୁ ଭାଗ ଭାଗ କରିବା ଛଡ଼ା ଅନ୍ୟ କିଛି କରାଯାଇନାହିଁ। କଂଗ୍ରେସ ଏ ଦେଶର ମୂଳ ଓ ଜନସାଧାରଣଙ୍କର ବଳ।

ଏହି କାର୍ଯ୍ୟକ୍ରମରେ ପୂର୍ବତନ ପିସିସି ସଭାପତି ଜୟଦେବା ଜେନା, ସନ୍ତୋଷ ସିଂ ସାଲୁଜା, ଭୂଜବଳ ମାଝୀ, ରବି ମଲ୍ଲିକ, ବିଜୟଲକ୍ଷ୍ମୀ ସାହୁ, ଦେବାଶିଷ ପଟ୍ଟନାୟକ, ବନ୍ଦିତା ପରିଡ଼ା, ସ୍ମୃତିରଂଜନ ଲେଙ୍କା, ୟାସିର ନୱାଜ, ନକୁଳ ନାୟକ, ବିଭୁତି ମିଶ୍ର, ବିଶ୍ୱଜିତ ଦାଶ, କିଶୋର ଜେନା, ବାଙ୍କନିଧି ବେହେରା, ସନତ ଦାସ, ସଂଜୟ ତ୍ରିପାଠୀ, ବିସ୍ମୟ ମହାପାତ୍ର, ଆଲୋକ ଲେଙ୍କା, ଅନିଲ ବେଉରା, ପ୍ରକାଶ ମିଶ୍ର, ରଜନୀ ମହାନ୍ତି, କାବୁ ମହାନ୍ତି, ଆକୁଉବ ଖାନ, ଦେବ ମହାନ୍ତି, ବିନୁ ପାଣି, ବିଶ୍ୱ ମହାନ୍ତି, ମଧୁମିତା ଆଚାର୍ଯ୍ୟ, ସୁବ୍ରତ ମହାପାତ୍ର, ସୁଶାନ୍ତ ତ୍ରିପାଠୀ, ବିଶ୍ୱଭୂଷଣ ମହାପାତ୍ର, ନଳିନିକାନ୍ତ ନାୟକ, ରଣଜିତ ସେନାପତି, ବିଭୁତିଭୂଷଣ ମହାପାତ୍ର, ଡ. ବିପ୍ଳବ ଶିଳାଦିତ୍ୟ, ଅନ୍ନପୂର୍ଣ୍ଣା ସାହୁ, ମନୋଜ ବିଶ୍ୱାଳ, ଶିଶିର ରଥ, ସଚ୍ଚିଦାନନ୍ଦ ରାଉତ, ପ୍ରିୟଜିତ ରାୟ, ରାଜୁ ସ୍ୱାଇଁ, ଶୋଭା ସିଂ, ବିଶ୍ୱନାଥ ଶତପଥି, ରାଜେନ୍ଦ୍ର ପଟ୍ଟନାୟକ, ବରଦା ସାହୁ, ଚନ୍ଦ୍ରଶେଖର ସାହୁ, ଉତମ ବେହେରା, ମାନସ ନାୟକ, ରାଜୀବ ମହାନ୍ତି, ନିରଂଜନ ଦାସ, ବିଶ୍ୱ ସାହୁ, ସୁଶ୍ରୀ କଳ୍ପନା ରାଉତରାୟ, କର୍ପୋରେଟ, ଜେ କାମାଶ ରାଓ, ହିଂମାଶୁ ରାଉତ, ଅଶୋକ ସାହୁ, ସେକ ଜାଫର, ବାବୁ ରାଓ, ରାଜଶ୍ରୀ ମିଶ୍ର, ଦଳି ମାଝୀ, ସମରେନ୍ଦ୍ର ହାତି, ଉଗ୍ରସେନ ଭୂୟାଁ, ପ୍ରଭାତ ଭୂୟାଁ, ରାମଚନ୍ଦ୍ର ଗୋଛାୟତ, ଅଭିଷେକ ମହାନ୍ତି, ଦୀପକ ମହାପାତ୍ର, ଏମଡି ଶାହାଦୁଲ୍ଲା, ମନୋଜ ସାହୁ, ଶ୍ରୀଯାସ୍ମିତା ପଣ୍ଡା, ଦୁର୍ଗା ପାଢ଼ୀ, ଆଶିଷ ମଲ୍ଲିକ, ମୋହନ ଜେନା, ଅଶୋକ ଦାସ, ସୌମେନ୍ଦ୍ର ମହାନ୍ତି, ପ୍ରଭାତ ପ୍ରତାପ ସିଂ, ମାନସ ସେଠୀ, ସେକ ତାକୱିନ, ପୁଷ୍ପିତା ଦାସ, ଦିପ୍ତିରାଣୀ ପ୍ରଧାନ, ଜୟଶ୍ରୀ ପାତ୍ର, ପ୍ରଶନ୍ନ ନାୟକ, ପ୍ରଣତି ମିଶ୍ର, ସିଲି ସେଠୀ ପ୍ରମୁଖ ଯୋଗଦେଇଥିଲେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...

ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ

ସମ୍ପାଦକୀୟ

**ଭୁବନେଶ୍ୱର, ୨୦୨୩, ଅଗଷ୍ଟ ୨୫**

# ମହାକାଶଚାରୀ ନିଲ ଆର୍ମଷ୍ଟ୍ରଙ୍ଗ



ପ୍ରଥମ ମହାକାଶଚାରୀ ନିଲ ଆଲଡ୍ରେନ ଆର୍ମଷ୍ଟ୍ରଙ୍ଗ ୫ ଅଗଷ୍ଟ ୧୯୩୦ ମସିହାରେ ଓହାୟୋ ଅନ୍ତର୍ଗତ ଓ୍ୱାପାକୋନେଟା ଠାରେ ଜନ୍ମ ଗ୍ରହଣ କରିଥିଲେ । ସେ ପାଠପଢ଼ା ପରେ ଆମେରିକାର ନୌସେନାରେ ଯୋଗଦେଇ କୋରିଆ ଯୁଦ୍ଧରେ ଅଂଶ ଗ୍ରହଣ କରିଥିଲେ । ଯୁଦ୍ଧ ଶେଷ ହେବା ପରେ ସେ ଏରୋନଟିକ୍ସରେ ହାଇସ୍ପଡ୍ ଫ୍ଲାଇଟ ଷ୍ଟେସନରେ ଜଣେ ପାଇଲଟ ଭାବେ ନିଯୁକ୍ତ ହୋଇଥିଲେ । ପରେ ସେ ମହାକାଶଚାରୀ ହେବାକୁ ମଧ୍ୟ ମନ ବଳେଇ ଥିଲେ । ୧୯୫୮ ମସିହାରେ ଆମେରିକା ବାୟୁସେନାର ମ୍ୟାନ ଇନ୍ ସ୍ପେଶ ସୁନେଷ୍ଟ ପ୍ରୋଗ୍ରାମ ପାଇଁ ମନୋନୀତ ହୋଇଥିଲେ । ୧୯୬୨ ମାର୍ଚ୍ଚ ୧୫ ତାରିଖରେ ମହାକାଶ ବିମାନ ଉଡାଣ ପାଇଁ ମନୋନୀତ ଛଅ ଜଣ ପାଇଲଟ ଇଞ୍ଜିନିୟର ମଧ୍ୟରେ ସେ ସ୍ଥାନ ପାଇଥିଲେ । ସେ ସମୟରେ ନାସା ପକ୍ଷରୁ ମହାକାଶଚାରୀ ଚୟନ ପାଇଁ ପ୍ରାର୍ଥୀପତ୍ର ଗ୍ରହଣ କରାଯାଇଥିଲା । ଏଥିପାଇଁ ସେ ଆବେଦନ ପତ୍ର ପଠେଇଥିଲେ । ଦ୍ୱିତୀୟ ପର୍ଯ୍ୟାୟ ମନୋନୟନ ବେଳେ ତାଙ୍କୁ ମନୋନୀତ କରାଯାଇଥିଲା । ସେ ଜେମିନ-୮ ଓ ଜେମିନ-୧୧ ମହାକାଶଯାନ କାର୍ଯ୍ୟକ୍ରମରେ ସାମିଲ ହୋଇ ମହାକାଶ ଯାତ୍ରା କରିଥିଲେ । ୧୯୬୭ ଜାନୁଆରୀ ୨୭ ତାରିଖରେ ଆପୋଲୋ-୧ ମହାକାଶଯାନ କାର୍ଯ୍ୟକ୍ରମରେ ସେ ସାମିଲ ହୋଇଥିଲେ । ଆପୋଲୋ-୧୧ ମହାକାଶଯାନ ଆର୍ମଷ୍ଟ୍ରଙ୍ଗଙ୍କ ସହ ତାଙ୍କର ଆଉ ଦୁଇଜଣ ସାଥୀ ବଜ ଆଲଡ୍ରିନ ଓ ମାଇକେଲ କୋର୍ଲିନଙ୍କୁ ନେଇ ଚନ୍ଦ୍ର ଅଭିମୁଖେ ଯାତ୍ରା କରିଥିଲେ । ଏହି ମହାକାଶ ଯାନ ଚାରିଦିନ ମଧ୍ୟରେ ୪୦ଲକ୍ଷ କିଲୋମିଟର ଯାତ୍ରା କରିଥିଲା । ଆର୍ମଷ୍ଟ୍ରଙ୍ଗ ଓ ଆଲଡ୍ରିନ ୧୯୬୯ ଜୁଲାଇ ୨୦ ତାରିଖରେ ଚନ୍ଦ୍ରପୃଷ୍ଠରେ ପାଦ ଦେଇଥିଲେ । ସେଠାରେ ଆର୍ମଷ୍ଟ୍ରଙ୍ଗ ୨ ମିନିଟ ୩୨ ସେକେଣ୍ଡ ରହିଥିଲେ । ସେହି ସମୟ ମଧ୍ୟରେ ଚନ୍ଦ୍ରପୃଷ୍ଠରେ ଆମେରିକୀୟ ଜାତୀୟ ପତାକା ସ୍ଥାପନ କରିବା ସହିତ କିଛି ପଥର ସଂଗ୍ରହ କରିଥିଲେ । ୧୯୬୯ ଜୁଲାଇ ୨୪ ତାରିଖରେ ହାୱାଇର ପଶ୍ଚିମରେ ପ୍ରସାନ୍ତ ମହାସାଗରରେ ଥିବା ଆମେରିକାର ଯୁଦ୍ଧ ଜାହାଜରେ ଆପୋଲୋ-୧୧ ଅବତରଣ କରିଥିଲେ । ତାଙ୍କ ସଫଳତା ପାଇଁ ତାଙ୍କୁ ରାଷ୍ଟ୍ରପତି ରିଚାର୍ଡ଼ ନିକ୍ସନ ପ୍ରେସିଡେନସିଆଲ ମେଡ଼ାଲ ଅଫ୍ ଫ୍ରିଡମ ପୁରସ୍କାର ପ୍ରଦାନ କରିଥିଲେ । ଏହା ବ୍ୟତୀତ ସେ କଂଗ୍ରେସନାଲ ସ୍ପେଶ ମେଡ଼ାଲ ଅଫ ଅନର ଏବଂ କଂଗ୍ରେସନାଲ ଗୋଲ୍ଡ ମେଡ଼ାଲ ଭଳି ପୁରସ୍କାର ଲାଭ କରିଥିଲେ । ୨୦୧୨ ମସିହା ଆଜିର ଦିନରେ ସେ ଇହଲୀଳା ସମ୍ବରଣ କରିଥିଲେ ।

ଟାଟା ଷ୍ଟିଲ, ମେରାମୁଣ୍ଡଳୀ, ଢ଼େଙ୍କାନାଳ,
ଦୂରଭାଷ :୭୯୭୮୯୨୭୭୬୫

# ପେଟ ଆନିମଲ ଗାଇଡ଼ ଲାଇନ ପାଳନ କରୁନି ସିଏମସି

## *ବୁଲା କୁକୁରଙ୍କ ଖୋଲା ସହର ପାଲଟିଛି ସିଡ଼ିଏ*



ଅନୁପମା ଭୂୟାଁ

ଘରେ କୁକୁର ପାଳିବା ସୌଖିନ ଲୋକମାନଙ୍କର ସୌଖିନ ସଉକ । ସେଥିରେ ତ ସବୁ ସୌଖିନ । ତେବେ ଦ୍ୱୈତନଗରୀ କଟକ-ଭୁବନେଶ୍ୱରରେ ଏହି କୁକୁର ମାନଙ୍କୁ ନେଇ ଯେଉଁପରି ନାହିଁନଥିବା ସମସ୍ୟା ଘଟୁଛି ତାହା ଅନୁଭବୀଙ୍କ ପାଇଁ ମର୍ମନ୍ତୁଦ ଯନ୍ତ୍ରଣା ପାଲଟୁଛି । ଘରେ ଗୃହପାଳିତ କୁକୁର ପାଳିବାରେ ଅସୁବିଧା ନାହିଁ । ହେଲେ କୁକୁର ଯଦି ଅନ୍ୟମାନଙ୍କୁ ହଇରାଣ କରେ ଏବଂ କୁକୁର ଯୋଗୁଁ ପରିବେଶ ପ୍ରଦୂଷିତ ହୁଏ ସେଥିପାଇଁ କୁକୁର ମାଲିକ ହିଁ ଦାୟୀ ରହିବେ । ଭାରତର ବିଭିନ୍ନ ସହର ଭଳି କଟକ ମହାନଗର ନିଗମ ବା ସିଏମସିରେ ଏମିତି ପେଟ ଆନିମଲ ଗାଇଡ଼ଲାଇନ ରହିଥିବା ବେଳେ ଏହାକୁ କଡ଼ାକଡ଼ି ପାଳନ କରାଯାଉନାହିଁ । ସହରର ବିଭିନ୍ନ ଅଞ୍ଚଳରେ ଗୃହପାଳିତ କୁକୁରଙ୍କୁ ନେଇ ସମସ୍ୟା ଦେଖାଯାଉଥିବା ବେଳେ ସିଏମସି ପାଖକୁ ଗଦାଗଦା ଅଭିଯୋଗ ଆସୁଛି । ହେଲେ ଛୋଟ ସମସ୍ୟା ଭାବି ଏ ଦିଗରେ ନିଗମ କର୍ତ୍ତୃପକ୍ଷ ଗୁରୁତ୍ୱ ଦେଉନଥିବା ଅଭିଯୋଗ ହୋଇଛି ।

ନିକଟରେ ଏଭଳି ଏକ ଘଟଣା ଘଟିଛି ସିଡ଼ିଏ ସେକ୍ଟର-୧୦ ନମ୍ବର ଅଞ୍ଚଳରେ । ଏ ଅଞ୍ଚଳରେ ପ୍ରାୟ କୋଡିଏରୁ ଅଧିକ ଲୋକେ ଘରେ ବିଭିନ୍ନ ବ୍ରିଡର କୁକୁର ପାଳିଛନ୍ତି । ଯେଉଁମାନେ ପ୍ରତ୍ୟେକ ଦିନ ବିଭିନ୍ନ ଲେନ୍‌ରେ ବୁଲି ବୁଲି ଝାଡ଼ା ପରିସ୍ରା କରୁଛନ୍ତି । ଏନେଇ କୁକୁର ରଖିଥିବା ଲୋକଙ୍କୁ ବାରମ୍ବାର ସ୍ଥାନୀୟ ଲୋକେ ଅଭିଯୋଗ କରିବା ପରେ ମଧ୍ୟ ସେମାନେ ଶୁଣିନଥିଲେ । ଫଳରେ ସିଏମସିକୁ ଲିଖିତ ଅଭିଯୋଗ କରିଥିଲେ ବି ସମାଧାନ କରାଗଲା ନାହିଁ । ସହରର ବିଭିନ୍ନ ଅଞ୍ଚଳରେ ଏଭଳି ସମସ୍ୟା ଲାଗି ରହିଛି । ଅନ୍ୟପକ୍ଷରେ ସିଏମସି ପେଟ ଆନିମଲ ଗାଇଡଲାଇନର ନିୟମ କହୁଛି, ଘରେ କୁକୁର କିମ୍ବା ଅନ୍ୟ କୌଣସି ଗୃହପାଳିତ ପଶୁ ପାଳନ କରିବା ପୂର୍ବରୁ ସିଏମସିରେ ପଞ୍ଜିକରଣ କରାଇବେ । ଏହାର ଅନୁମତି ପତ୍ର ମଧ୍ୟ ଗ୍ରହଣ କରିବେ । ପଶୁଙ୍କୁ ଉଚିତ ସମୟରେ ଭ୍ୟାକ୍ସିନେସନ କରାଇବେ । କୁକୁରଙ୍କ ଯୋଗୁଁ ଆଖପାଖ ଲୋକେ କିଭଳି ସମସ୍ୟାରେ ପଡ଼ିବେ ନାହିଁ ସେ ଦିଗକୁ ଗୁରୁତ୍ୱ ଦେବେ । ଯଦି ଗୃହପାଳିତ ପଶୁଙ୍କ ଯୋଗୁଁ କାହାର କିଛି କ୍ଷତି ହୁଏ ସେଥିପାଇଁ ସମ୍ପୃକ୍ତ ମାଲିକ ହିଁ ଦାୟୀ ରହିବେ । କିନ୍ତୁ ୧୫ ପ୍ରତିଶତ ଲୋକେ ଏହି ନିୟମ ପାଳନ କରୁନାହାଁନ୍ତି । ଆନିମଲ ୱେଲ ଫେୟାର ବୋର୍ଡ଼ର ନିର୍ଦ୍ଦେଶ ଅନୁସାରେ, ବାଙ୍ଗାଲୋର, ମୁମ୍ବାଇ, କୋଚି, ଚଣ୍ଡୀଗଡ଼, ଦିଲ୍ଲୀରେ ପେଟ ଆନିମଲ ଗାଇଡଲାଇନ କଡ଼ାକଡ଼ି ପାଳନ କରାଯାଉଛି । କିନ୍ତୁ କଟକ ମହାନଗର ନିଗମରେ ନିୟମ ଥାଇ ବି ପାଳନ କରାନଯିବାକୁ ନେଇ ଲୋକେ ଉଦବେଗ ପ୍ରକାଶ କରିଛନ୍ତି । କିଛି ମାସ ତଳେ ଭୁବନେଶ୍ୱରରେ ଏକ ଗୃହପାଳିତ କୁକୁର ଯୋଗୁଁ ମାମଲା କୋର୍ଟରେ ପହଞ୍ଚିଥିଲା । ସିଡ଼ିଏ ସେକ୍ଟର-୯ ଅଞ୍ଚଳରେ କେନ୍ଦ୍ରସ୍ଥଳୀରେ ସରସ୍ୱତୀ ଶିଶୁ ମନ୍ଦିରର ଏକ ବଡ଼ ଖୋଲା ପଡ଼ିଆ ରହିଛି । ଏଠାରେ ସ୍ଥାନୀୟ ବିଦ୍ୟାଳୟର ପିଲାଙ୍କ ସମେତ ପାଖ ଅଞ୍ଚଳର ପିଲାମାନେ ଖେଳିବା ପାଇଁ ମଧ୍ୟ ଆସିଥାନ୍ତି ତେବେ ସମଗ୍ର ସିଡ଼ିଏ ଅଞ୍ଚଳର କୁକୁର ପାଳିଥିବା ଲୋକମାନେ କେବଳ ସକାଳ ସଞ୍ଜ ନୁହଁନ୍ତି ଦିନ ତମାମ ଏଠାରେ କୁକୁର ମାନଙ୍କୁ ବୁଲାଇ ଆଣିଥାନ୍ତି । ଘଣ୍ଟା ଘଣ୍ଟା ଧରି କୁକୁର ମାନଙ୍କୁ ଖେଳାଇବା ଭିତରେ ସେମାନେ ମଳତ୍ୟାଗ କରି ସମଗ୍ର ପରିବେଶକୁ ତ ଦୂଷିତ କରନ୍ତି ଦ୍ୱିତୀୟତଃ ବୁଲା କୁକୁରଙ୍କୁ ଦେଖି ଏହି ଗୃହ ପାଳିତ କୁକୁରମାନେ ଆକ୍ରାମକ ହୋଇଥାନ୍ତି । ଏହାକୁ ନେଇ ଝଗଡ଼ା ଥାନା, କୋର୍ଟ କଚେରୀ ପର୍ଯ୍ୟନ୍ତ ଯାଉଛି । କେତେକ ଘଟଣାରେ ମାଲିକର ବନ୍ଧା ଦଉଡିରୁ ବା କେତେକ ମାଲିକ ଖୋଲାରେ ଚଲାଇ କୁକୁର ମାନଙ୍କୁ ନେଉଥିବାରୁ ସେମାନେ ମଧ୍ୟ କାମୁଡ଼ି ପଥଚାରୀ ମାନଙ୍କୁ ରକ୍ତାକ୍ତ କରୁଛନ୍ତି । ଏନେଇ ସ୍ଥାନୀୟ ଅଞ୍ଚଳବାସୀଙ୍କ ସହିତ କୁକୁର ମାଲିକ ମାନଙ୍କର ବାକବିତଣ୍ଡା ଝଗଡ଼ାରେ ପହଞ୍ଚି ଅପ୍ରିତୀକର ପରିସ୍ଥିତି ସୃଷ୍ଟି ହେଉଛି । ଭାଇଚାରର ସହରରେ ଇଏ ଏକ ବଡ଼ ଝଗଡ଼ା ପରିବେଶକୁ କଳୁଷିତ କରୁଛି । କେତେକ କୁକୁର ଖାଦ୍ୟପଦାର୍ଥ ଏଣେ ତେଣେ ଫୋପାଡ଼ି ପରିବେଶକୁ ପ୍ରଦୂଷିତ କରୁଛନ୍ତି । ସେହିପରି ରୁଗଣ ବା ଆକ୍ରାମକ ହୋଇ ଅନ୍ୟମାନଙ୍କୁ ଗୋଡ଼ାଇ କାମୁଡୁଥିବା ବା କୌଣସି ଭୂତାଣୁ ଜନିତ ରୋଗରେ ଆକ୍ରାନ୍ତ ହୋଇଥିବା ରୋଗୀଣା ବୟସ୍କ କୁକୁର ମାନଙ୍କୁ ମାଲିକମାନେ ଆଉ ଘରେ ନରଖି ସବୁଦିନ ପାଇଁ ବୁଲା କୁକୁରଙ୍କ ମେଳରେ ଛାଡ଼ି ଦେଉଥିବାରୁ ଦୁର୍ବଳ ଓ ରୋଗଗ୍ରସ୍ତ ହୋଇଥିଲେ ବି ଏହି ବିଦେଶୀ କୁକୁରମାନେ ଛୋଟପିଲା ଓ ବୟସ୍କ ଲୋକମାନଙ୍କୁ କାମୁଡ଼ିବା ସହ ବାଟଘାଟରେ ପଡ଼ି ମୃତ୍ୟୁବରଣ କରୁଛନ୍ତି । ତେଣୁ ଏଭଳି କିଛି ବଡ଼ ଧରଣର ଅଘଟଣ ଘଟିଲେ ନିଗମ କର୍ତ୍ତୃପକ୍ଷ ଚେତିବେ ବୋଲି କୁହାଯାଉଛି । ଏ କ୍ଷେତ୍ରରେ ମହାନଗର ନିଗମ କଡ଼ାକଡ଼ି ଆଇନ ପାଳନ କରି ସାଧାରଣ ଲୋକଙ୍କୁ ସୁରକ୍ଷା ଦେବା ସହ ଅପ୍ରୀତିକର ପରିସ୍ଥିତି ସୃଷ୍ଟି କରିବାର କାରକ ନ ପାଲଟନ୍ତୁ ।

*'ସାଇବିଥି' ୭ଡି/୧୩୫୪, ସେକ୍ଟର-୯,*
*ସିଡିଏ, କଟକ*

# ଚନ୍ଦ୍ରର ଦକ୍ଷିଣ ମେରୁରେ ଚନ୍ଦ୍ରଯାନ-୩ ର ସଫଳ ଅବତରଣ



ଉମାଶଙ୍କର ପ୍ରସାଦ

ପିଲାଦିନର ମା କହୁଥିବା କାହାଣୀ ମନେ ପଡିଯାଏ ଚନ୍ଦ୍ରାୟନର ଚନ୍ଦ୍ରପୃଷ୍ଠରେ ଅବତରଣକୁ ଦେଖି । ଅଝଟ ହେଲେ ଶିଶୁ କୁ ମା ବୁଝାଇଥାଏ "ଆ ଜହ୍ନ ମାମୁଁ ଶରଦ ଶଶୀ ମୋ କୁନା ହାତରେ ପଡରେ ଖସି" ଆଜି ସେ କହାଣୀ ବାସ୍ତବରେ ପରିଣତ ହୋଇଛି । ଇସ୍ରୋର ଅଧକ୍ଷ ଏବଂ ତାଙ୍କର ସହଯୋଗୀଙ୍କ ଅଦମ୍ୟ ନିଷ୍ଠା ଓ ପରାକାଷ୍ଠା ଫଳରେ ଚନ୍ଦ୍ରରେ ଭାରତ ତାର ଚନ୍ଦ୍ରାୟାନ-୩ କୁ ସଫଳତାର ସହିତ ଦକ୍ଷିଣ ମେରୁରେ ଅବତରଣ କରାଇବାରେ ସଫଳ ହେବା ସହ ମହାକାଶ ଇତିହାସରେ ଏକ ସ୍ୱର୍ଣ୍ଣିମ ଅଧ୍ୟାୟ ଯୋଡି ଦେଇଛି । ଏହି ଚନ୍ଦ୍ର ଅଭିଯାନ କ୍ଷେତ୍ରରେ ଯଦିଓ ରୁଷ, ଆମେରିକା, ଚୀନ ସେମାନଙ୍କର ସଫଳତା ହାସଲ କରିଥିଲେ ମଧ୍ୟ ଚତୁର୍ଥ ରାଷ୍ଟ୍ର ଭାବେ ଭାରତ ଚନ୍ଦ୍ରାଭିଯାନରେ ଦକ୍ଷିଣ ମେରୁରେ ପ୍ରଥମ ରାଷ୍ଟ୍ର ଭାବେ ତାର ଚନ୍ଦ୍ରଯାନ-୩ କୁ ଅବତରଣ କରି ସାରା ବିଶ୍ୱବାସୀଙ୍କୁ ଚକିତ କରି ଦେଇଛି । ୧୯୪୭ ମସିହା ଅଗଷ୍ଟ ୧୫ ତାରିଖରେ ଦେଶ ସ୍ୱାଧୀନ ହୋଇଥିଲା, ସେ ଦିନ ଆମେ ବିଦେଶୀ ହାତରୁ ଆମର ନ୍ୟାର୍ଯ୍ୟ ଅଧିକାରକୁ ଛଡାଇ ଆଣିଥିଲୁ । ଆଜି ଅଗଷ୍ଟ ୨୩-୨୦୨୩ ଭାରତ ପାଇଁ ପାଲଟି ଯାଇଛି ଆଉ ଏକ ଐତିହାସିକ ଦିନ । ଚନ୍ଦ୍ରୟାନ-୨ ର ବିଫଳତା ପରେ ଯେତେବେଳେ ନ୍ୟୁୟର୍କ ଟାଇମ୍ସ ରେ ଆସିଥିବା ବ୍ୟଙ୍ଗାତ୍ମକ କାର୍ଟୁନ ପୃଥିବୀର ପ୍ରାୟ ସମସ୍ତ ଭାରତୀୟଙ୍କୁ ଦ୍ରବିଭୂତ କରିଥିଲା ମାତ୍ର ଆଜି ଭାରତ ତାର ମୁହଁତୋଡ ଜବାବ ଦେଇଛି । ଭାରତକୁ ଅନଗ୍ରସର ଭାବୁଥିବା ଦେଶ ମାନଙ୍କର ମୁହଁ ଆଜି ତଳକୁ ହୋଇଯାଇଛି । ବଡ ଆଶ୍ଚର୍ଯ୍ୟ ଲାଗେ ଭାରତ ଏହି ଚନ୍ଦ୍ରୟାନ-୩ ଅଭିଯାନରେ ବ୍ୟୟ କରିଛି ମାତ୍ର ୬୧୫ କୋଟି । ଏହିକ୍ରମରେ ଭାରତ ତାର ୨୦୦୮ ରେ ପ୍ରଥମ ଚନ୍ଦ୍ରଯାନ ଅଭିଯାନରେ ବ୍ୟୟ କରିଥିଲା ମାତ୍ର ୩୮୬ କୋଟି ଏବଂ ୨୦୧୯ ଚନ୍ଦ୍ରଯାନ-୨ ପାଇଁ ବ୍ୟୟ କରିଥିଲା ୯୭୮ କୋଟି । ଯଦି ଅନ୍ୟରାଷ୍ଟ୍ର ସହିତ ଏହି ତୁଳନାକୁ ତୁଳନା କରାଯାଏ ତେବେ ଜଣାଯାଏ ସେମାନଙ୍କ ଖର୍ଚ୍ଚର ପରିମାଣଠୁ ଭାରତର ଏ ଦିଗରେ ଖର୍ଚ୍ଚର ପରିମାଣ ନଗଣ୍ୟ ।

ନିକଟରେ ରୁଷିଆର ଚନ୍ଦ୍ରଯାନ-ଲୁନା -୨୫ ପାଇଁ ରୁଷିଆର ବ୍ୟୟ ହୋଇଥିଲା ୧୬୦୦ କୋଟି ଟଙ୍କା, ଚୀନ ତାର ଏହି ଚନ୍ଦ୍ର ଅଭିଯାନ ପାଇଁ ଖର୍ଚ୍ଚ କରିଥିଲା ୧୭୫୨ କୋଟି ଟଙ୍କା । ରୁଷିଆର ଅଭିଯାନ ବିଫଳ ହୋଇଥିବା ବେଳେ ଭାରତର ସଫଳତା ସମଗ୍ର ବିଶ୍ୱପାଇଁ ଗର୍ବ ଓ ଗୌରବର ବିଷୟ । ଚନ୍ଦ୍ରର ବିଷୁବ ଅଞ୍ଚଳ ଠାରୁ ବହୁ ଦୂରରେ ଥିବା ଦକ୍ଷିଣ ମେରୁଟି ଖାଲ ଖମାରେ ପରିପୂର୍ଣ୍ଣ । ଆପୋଲ ସମେତ ଅନେକ ପୂର୍ବ ଅଭିଯାନ ଏଠାରେ ଅବତରଣ କରିବାକୁ ଉଦ୍ୟମ କରି ବିଫଳ ହୋଇଛନ୍ତି । ଇସ୍ରୋର ଚନ୍ଦ୍ରଯାନ-୩ ବୁଧବାର ଚନ୍ଦ୍ର ପୃଷ୍ଠରେ ଅବତରଣ କରିବାରେ ସଫଳ ହେବା କିଛି କମ୍ କଥାନୁହେଁ । ଏହି ଚନ୍ଦ୍ରଯାନ-୩ର ସବୁଠାରୁ ଜଟିଳ ସମୟ ଥିଲା ଶେଷ ୨୦ ମିନିଟ । ନିର୍ଦ୍ଧାରିତ ସମୟ ୫.୪୫ ମିନିଟରେ ଶେଷ ପର୍ଯ୍ୟାୟ ଲ୍ୟାଣ୍ଡର ଚନ୍ଦ୍ରଠାରୁ ଦୂରତା ଥିଲା ମାତ୍ର ୨୮.୦୬ କିଲୋମିଟର । ଏହାଥିଲା ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଅବସ୍ଥା । ଚନ୍ଦ୍ରାୟନ-୩ ଚନ୍ଦ୍ରର କ୍ଷୀଣ ମାଧ୍ୟାକର୍ଷଣ ସହ ସନ୍ତୁଳନ ରକ୍ଷାକରି ଧୀରେ ଧୀରେ ଖସିଥିଲା । ୬ଟା ସମୟରେ ଲ୍ୟାଣ୍ଡର ବିକ୍ରମ ଚନ୍ଦ୍ର ପୃଷ୍ଠରୁ ୧ କି.ମି ଦୁରରେ ପହଂଚି ଥିଲା । ମାତ୍ର ଠିକ୍ ୬ ଟା ୪ ମିନିଟରେ ଚନ୍ଦ୍ରୟାନ-୩ ସଫଳତାର ସହିତ ଚନ୍ଦ୍ର ପୃଷ୍ଠରେ ଅବତରଣ କରି ଇସ୍ରୋର ଅଧକ୍ଷ ତଥା ସହଯୋଗୀ ମାନଙ୍କୁ ସଫଳତା ପ୍ରଦାନ କରିଥିଲା । ଏବଂ ଇସ୍ରୋ ସଫଳ ଅବତରଣର ବାର୍ତ୍ତା ପ୍ରଦାନ କରିଥିଲା । ଏହା ପ୍ରମାଣ କରିଦେଲା " ବିଫଳତାହିଁ ସଫଳତାର ମାପକାଠି "Failure is the pillar of success" । ଚନ୍ଦ୍ରଯାନ-୨ୟର ବିଫଳତାରୁ ଶିକ୍ଷା ଗ୍ରହଣ କରି 'ଭାରତୀୟ ମହାକାଶ ଗବେଷଣା ପ୍ରତିଷ୍ଠାନ ତାର ୪ ବର୍ଷର ଅନୁଧ୍ୟାନ, ଅକ୍ଲାନ୍ତ ପରିଶ୍ରମ ତଥା ଅଧ୍ୟବଶାୟ ତଥା କେତେକ ଗୁରୁତ୍ୱପୂର୍ଣ୍ଣ ପରିବର୍ତ୍ତନ କରି ଉତ୍‌କ୍ଷେପଣ କରା ଯାଇଥିଲା ଯାହା ଆଜି ସଫଳ ହୋଇଛି । ଲ୍ୟାଣ୍ଡର 'ବିକ୍ରମ' ରେ ସୁଦୃଢ ଲ୍ୟାଣ୍ଡର, ଅଧିକ ଇନ୍ଧନ ଓ ନୂଆ ସେନ୍ସର, ସଫ୍ଟୱେୟାର ରେ ପରିବର୍ତ୍ତନ, ସୋଲାର ପ୍ୟାନେଲ ଏବଂ ଆନ୍‌ଟିନା, ଅଧିକ ଟେଷ୍ଟିଂ କରାଯାଇଥିଲା । ଏ ସବୁ ଭିତରୁ ସବୁଠୁ ଗୁରୁତ୍ୱପୂର୍ଣ୍ଣ ଦିଗଟି ଥିଲା ଟେଷ୍ଟିଂ । ଗତ ଦୁଇବର୍ଷ କେବଳ ଟେଷ୍ଟିଂ ଉପରେ ଗୁରୁତ୍ୱ ଦିଆଯାଇଥିବା ଯୋଗୁ ଏହା ଆଜି ସଫଳତାର ଶୀର୍ଷକୁ ସ୍ପର୍ଶ କରିପାରିଲା ବୋଲି ଇସ୍ରୋର ଅଧକ୍ଷ ଏସ୍. ସୋମନାଥ କହିଥିଲେ । ଯେଉଁମାନେ ଅତିତରେ ଇସ୍ରୋକୁ ଉପହାସ କରୁଥିଲେ ସେମାନେ ଆଜି ଚାନ୍ଦ୍ରୟାନ-୩ ର ସଫଳତାକୁ ପ୍ରଶଂସା କରିବାରେ ଶତମୁଖ । ଏହି ଅଭିଯାନ ମହାକାଶ ବ୍ୟବସାୟକୁ ନେଇ ନୁଆ ସମ୍ଭାବନା ସୃଷ୍ଟି କରିଛି ଯାହାଦ୍ୱାରା ଭାରତର ମହାକାଶ ଶିଳ୍ପକୁ ପ୍ରୋତ୍ସାହନ ମିଳିବା ସହ ମହାକାଶ ବ୍ୟବସାୟର ରୂପ ବଦଳିଯିବ । ବିଜ୍ଞାନ ଅନେକ ଅଗ୍ରଗତି କରିଥିଲେ ମଧ୍ୟ ବୈଜ୍ଞାନିକ ମାନଙ୍କ ମନରୁ ଧାର୍ମିକ ଚେତନା ଆଜି ସୁଦ୍ଧା ଉଦ୍‌ଜୀବୀତ ଅଛି ଯାହାର ଉଦାହରଣ ଅନେକ ବୈଜ୍ଞାନିକ ଏହି ଚନ୍ଦ୍ରୟାନର-୩ର ସଫଳ ଅବତରଣ ପାଇଁ ଭଗବାନଙ୍କ ନିକଟରେ ପ୍ରାର୍ଥନା କରିବା ତଥା ଅଗଣିତ ଭାରତୀୟ ମାନଙ୍କର ଏହା ଧାର୍ମିକ ବିଶ୍ୱାସର ପ୍ରତିଫଳନ । ଆମକୁ ଆମର ପ୍ରଥମ ଅଭିଯାନ ଚନ୍ଦ୍ରରେ ଜଳ ଥିବାର ସୁଚାଇ ଦେଇଛି । ପୁରୀର ଶଙ୍କରାଚାର୍ଯ୍ୟ ନିଜର ମତ ରଖି କହିଛନ୍ତି ଚନ୍ଦ୍ରରେ ଦିବ୍ୟଶକ୍ତି ରହିଛି, ତାର ଉର୍ଜା ପରିବ୍ୟାପ୍ତ । ଏହାର ଶୀତଳତା ଏତେ ପ୍ରବଳଯେ ତାହା ସହ୍ୟକରିବା ମାନବ ପକ୍ଷରେ ଅସମ୍ଭବ । ଯେଉଁଠାରେ ଶୀତଳତା ପ୍ରଖର ସେଠାରେ ଜଳରହିବା ସ୍ୱାଭାବିକ । ଏହି ଚନ୍ଦ୍ରୟାନ-୩ ଅଭିଯାନରେ ଆମ ରାଜ୍ୟ ଓଡିଶାର ଅବଦାନ ହେଲା ଏହି ଯାନ ନିର୍ମାଣ ପାଇଁ ୭୫ ହଜାର ଯନ୍ତ୍ରାଂଶ ଓଡିଶା ଯୋଗାଇ ଦେଇଥିଲା । ଭାରତର ଏହି ସଫଳ ଅଭିଯାନ ତାକୁ ବିଶ୍ୱରେ ପ୍ରଶଂସା ଭାଜନ କରିବା ସହ ଭାରତକୁ ବିପୁଳ ଆର୍ଥିକ ଲାଭ ମିଳିବାର ସମ୍ଭାବନାକୁ ଉଦ୍‌ଜୀବିତ କରିଛି । ମହାକାଶ ବିଜ୍ଞାନ କ୍ଷେତ୍ରରେ ଭାରତରେ ବିଦେଶୀପୁଞ୍ଜି ନିବେଶ ବୃଦ୍ଧିପାଇବ । ଆଜିର ଏହି ସଫଳ ଯାତ୍ରାର ଶ୍ରେୟ ଇସ୍ରୋର ଅଧକ୍ଷ ଏସ ସୋମନାଥ, ଚନ୍ଦ୍ରୟାନ-୩ର ନିର୍ଦ୍ଦେଶକ ପି.ବୀର ମୁଥୁଭେଲ, ପ୍ରକଳ୍ପ ନିର୍ଦ୍ଦେଶକ ମୋହନ କୁମାର, ବିକ୍ରମ ସାରାଭାଇ ପ୍ରତିଷ୍ଠାନର ପ୍ରକଳ୍ପ ନିର୍ଦ୍ଦେଶକ ଏସ. ଈିନ୍ନିକ୍ରଷ୍ଣନ ଆୟାର, ଏମ. ଶଙ୍କରନ, ଚନ୍ଦ୍ରଯାନ-୩ ର ଉପ-ପ୍ରକଳ୍ପ ନିର୍ଦ୍ଦେଶକ କେ. କଲ୍ପନା, ଓ ଆଇ ଏସ ଟି ଆର ଏସିର ନିର୍ଦ୍ଦେଷକ ବି.ଏନ.ରାମକୃଷ୍ଣ ପ୍ରମୁଖ ଧନ୍ୟବାର୍ଦର ପାତ୍ର । ବର୍ତ୍ତମାନ ଭାରତ ଆଦିତ୍ୟାୟନ ଓ ଶୁକ୍ର ଗ୍ରହ ଅଭିଯାନ ପାଇଁ ତତ୍ପର ହେବାରେ ଲାଗିଛି । ଯାହା ସମଗ୍ର ଭାରତ ପାଇଁ ଗର୍ବ ଓ ଗୌରବର ବିଷୟ ।

*ମାର୍ଗଦର୍ଶୀ,*
*ଖୋର୍ଦ୍ଧା ( ୬୩୭୦୬୭୫୫୬୨ )*

# ସେବା ଓ ଶାନ୍ତିର ଦେବୀ- ମଦର ଟେରେସା



ଅକ୍ଷୟ କୁମାର ରାଉତ

ଦୁଃସ୍ଥ, ପୀଡିତ,ଦଃଖି ଓ ରଙ୍କି ମାନଙ୍କର ସେବା କରିବାର ପ୍ରବୃତି ଏକ ଐଶ୍ୱରିକ ଗୁଣ । ଏହି ପ୍ରବୃତି ଯେଉଁ ପୁରୁଷ ଓ ନାରୀ ମାନଙ୍କଠାରେ ଥାଏ, ସେମାନେ ମର୍ତ୍ତ୍ୟର ଦେବତା ବା ଦେବୀ ରୂପେ ଜନମାନସରେ ପୂଜିତ ହୁଅନ୍ତି, ମଦର ଟେରେସା ଏହି ଭଳି ଜଣେ ସେବା ଓ ଶାନ୍ତିର ଦେବୀ । ପୀଡିତର ପୀଡା ଦେଖିଲେ ତାଙ୍କ ଆଖିରୁ ଝରିଯାଏ ଲୁହ । ସେ ସମସ୍ତ ବିକାର ଓ ଘୃଣାକୁ ଭୂଲି ଲାଗି ପଡନ୍ତି ପିଡୀତର ସେବାରେ । ମନ, ପ୍ରାଣ ଓ ହୃଦୟ ଦେଇ ସେ ରୋଗିର ସେବା କରନ୍ତି । ଏହି ମହିୟସୀ ଦେବୀ ଇଉରୋପର ମାସିଡୋନିଆ(ଯୁଗୋସ୍ଲୋଭିଆ) ଅନ୍ତର୍ଗତ ସ୍କୋପ୍‌ଜେ ନାମକ ସ୍ଥାନରେ ଏକ ଆଲବାନିଆନ୍ କୃଷକ ପରିବାରରେ ୧୯୧୦ ମସିହା ଅଗଷ୍ଟ ୨୬ ତାରିଖରେ ଜନ୍ମଗ୍ରହ କରିଥିଲେ । ପିତା ନିକୋଲା ବୋୟାକ୍ସିଭ୍ ଓ ମାତା ଡ୍ରାମଫିଲ୍ ବୋୟାକ୍ସିଭ୍ ଥିଲେ କ୍ୟାଥିଲିକ ଖ୍ରୀଷ୍ଟିୟାନ । ସେମାନଙ୍କ ପାଂଚଟି ସନ୍ତାନ ମଧ୍ୟରୁ ତିନୋଟି ଜୀବିତଥିଲେ । ବଡ ପୁତ୍ର ଲାଜର, ମଧ୍ୟମକନ୍ୟା ଆଗା ଓ ସାନଝିଅ ୟାଗ୍‌ନେସ୍ ଗୋନସ୍କା ବୋୟାକ୍ସିଭ୍ (ମଦର ଟେରେସା) ।

ମଦର ଟେରେସାଙ୍କ ପିତା ଥିଲେ ଜଣେ ବ୍ୟବସାୟୀ, ବହୁଭାଷାବିଦ୍ ଓ ରାଜନୀତି ସଚେତନ ବ୍ୟକ୍ତି । ମଦର ଟେରେସାଙ୍କୁ ଯେତେବେଳେ ମାତ୍ର ୯ ବର୍ଷ, ଠିକ୍ ସେହି ସମୟରେ ତାଙ୍କ ପିତାଙ୍କ ଅକାଳ ମୃତ୍ୟୁ ହୋଇଗଲା । ବିଧବା ମାଆ ବହୁ ବାଧାବିଘ୍ନ ସ୍ୱତେ ତିନିଭାଇ ଭଉଣୀଙ୍କୁ ଶିକ୍ଷିତ କରାଇଥିଲେ । ଦାରିଦ୍ର ଜାଲ ଜନିତ ସମସ୍ତ ଦୁଶ୍ଚିନ୍ତା ପରେ ବି ଟେରେସାଙ୍କ ଓଠରେ ଲାଗିରହିଥିଲା ହସ । ଘର କାମରେ ସେ ମାଆଙ୍କୁ ସର୍ବଦା ସାହାଯ୍ୟ କରୁଥିଲେ । ସେ ଛୋଟବେଳରୁ ସତ୍ୟ, ଶାନ୍ତି,ଦୟା ଓ କ୍ଷମାର ଆଦର୍ଶରେ ଅନୁପ୍ରାଣିତ, ଦୁର୍ବଳ ତଥା ଆହତ ପଶୁମାନଙ୍କ ସେବାଯତ୍ନ କରି ସେ ଆନନ୍ଦ ଅନୁଭବ କରୁଥିଲେ । ନିୟମିତ ଗିର୍ଜାରେ ପ୍ରାର୍ଥନା କରିବା, ଧର୍ମ ପୁସ୍ତକ ପଢିବା ଓ ପାଦ୍ରିଙ୍କୁ ସାହାଯ୍ୟ କରିବା ଥିଲା ଟେରେସାଙ୍କର ନିତି ଦିନ କାମ । ସରକାରୀ ସ୍କୁଲରେ ପଢୁଥିବା ସମୟରେ କେତେକ ନନ୍‌ଙ୍କ ସଂସ୍ପର୍ଶରେ ଆସିବାର ସୁଯୋଗ ଟେରେସାଙ୍କୁ ମିଳିଥିଲା । ମାତାଙ୍କ ଅନୁମତି ନେଇ ସେ ଲୋରେଟୋ ସିଷ୍ଟରମାନଙ୍କ ସହ ଯୋଗ ଦେଲେ, ୧୯୨୮ ମସିହା ନଭେମ୍ବର ୨୮ ତାରିଖରେ ସେ ଆୟରର୍ଲାଣ୍ଡର ଡବ୍‌ଲିନ୍ ନିକଟରେ ଥିବା ରାଥ୍‌ଫାର୍ନହାମ୍ ସ୍ଥିତ ଲୋରେଟୋ ଆବେରେ ଯୋଗ ଦେଇ ନନ୍ ତାଲିମ ନେଲେ । ତାଙ୍କୁ ସେତେବେଳେ ମାତ୍ର ୧୮ ବର୍ଷ । ଏଠାରେ ଆଭିଲାର ଥେରେସା ଓ ଲିସିୟୁକ୍ସର ଟେରେସାଙ୍କ ସ୍ମୃତିରେ ୟାଗ୍ନେସ୍ ଗୋନସ୍କା ବୋୟାକ୍ସିଭଙ୍କ ନାମ କରଣ କରାଗଲା ସିଷ୍ଟର ଟେରେସା । ୧୯୨୯ ମସିହାରେ ଦାର୍ଜିଲିଂଠରେ ଦୁଇବର୍ଷ ତାଲିମ ନେଲାପରେ ସେ ସେଣଟ୍ ମେରୀ ହାଇସ୍କୁଲରେ ଆରମ୍ଭ କଲେ ଶିକ୍ଷକତା, ଇତିହାସ ଓ ଭୂଗୋଳ ପଢେଇବା ସମୟରେ ଚରିତ୍ର ଗଠନ ପାଇଁ ଉପଦେଶ ଦେଉଥିଲେ । କିନ୍ତୁ ଦୁଃସ୍ଥ ଓ ପିଡିତମାନଙ୍କର ଦୟନୀୟ ଅବସ୍ଥା ଟେରେସାଙ୍କର ହୃଦୟକୁ ବିଚଳିତ କରିଥିଲା । ମୋତିଝିଲ୍ ବସ୍ତିର ଅସଂଖ୍ୟ ନିରାଶୟ ଲୋକଙ୍କ ମୁଖ ମଣ୍ଡଳରେ ରୋଗ ଯନ୍ତ୍ରଣାରେ ଛଟପଟ ହେଉଥିବା ଯୀଶୁଖ୍ରୀଷ୍ଟଙ୍କୁ ଟେରେସା ଦେଖି ପାରିଥିଲେ । ତେଣୁ ଲୋରେଟୋ ଉଚ୍ଚବିଦ୍ୟାଳୟ ଅଧକ୍ଷ ପଦ ତ୍ୟାଗକରି ପୋପଙ୍କ ଅନୁମତି ନେଇ ମୋତିଝିଲ ବସ୍ତିର ରୋଗୀମାନଙ୍କ ସେବାରେ ସମସ୍ତ ସମୟ ବିନିଯୋଗ କଲେ । ହାତରେ ପାଂଚ ଟଙ୍କା ଧରି ବସ୍ତଲୋକଙ୍କର ସେବା ଆରମ୍ଭ କରିଦେଲେ । ସେ ଆମେରିକାନ୍ ମେଡିକାଲ୍ ମିଶିନାରୀ ସିଷ୍ଟରସ୍ ସଂସ୍ଥାରେ ନର୍ସିଂ ତାଲିମ ନେଲେ । ୧୯୫୦ ମସିହାରେ ପୋପଙ୍କ ସମ୍ମତି ପାଇ ଟେରେସା ୧୨ ଜଣ ସିଷ୍ଟରଙ୍କୁ ନେଇ ପ୍ରତିଷ୍ଠା କଲେ 'ମିଶନାରିଜ୍ ଅଫ ଚ୍ୟାରିଟି' । ଏହି ସଂସ୍ଥାର ଲକ୍ଷ୍ୟ ମଣିଷ ସମାଜର ସେବା କରିବା । ୧୯୫୨ ମସିହାରେ ମଦର ଟେରେସା ପ୍ରତିଷ୍ଠା କଲେ 'ନିର୍ମଳ ହୃଦୟ' ସେ ବାସଦନ । ଏଠାରେ ଚାଲିଲା ମୃତ୍ୟୁ ପଥ ଯାତ୍ରୀମାନଙ୍କ ସେବା ଶୁଶ୍ରୁଷା । ମ୍ୟୁନିସିପାଲିଟିର ଅଧିକାରୀ 'ନିର୍ମଳ ହୃଦୟ' ପ୍ରତିଷ୍ଠାନକୁ ଯୋଗାଇ ଦେଇଥିଲେ ଦୁଇଟି ଡର୍ମିଟାରୀ । ଜଣେ କାଥଲିକ୍ ନନ୍ କାଳୀ ମନ୍ଦିର ନିକଟରେ ମୁମୂର୍ଷ ଲୋକଙ୍କ ପାଇଁ ଏକ ଆଶ୍ରମ ନିବାସ ଖୋଲିବା, କିଛି ଅସାମାଜିକ ବ୍ୟକ୍ତି ବରଦାସ୍ତ କରିପାରିଲେ ନାହିଁ । ଏକ ପଟୁଆରରେ ଆସି ବିଭିନ୍ନ ଧ୍ୱନି ଦେଇ ପ୍ରତିବାଦ ଆରମ୍ଭ କରିଦେଲେ । ପ୍ରତିବାଦକାରୀମାନେ ମଦର ଟେରେସାଙ୍କର କାଳୀ ରୂପ ଦେଖି ଭୟ କରି ପାଦ ତଳେ ପଡି କ୍ଷମାଭିକ୍ଷାକଲେ । ବହୁ ଲୋକ ସହଯୋଗର ହାତ ବଢାଇଦେଲେ । ମଦର ଟେରେସା ସର୍ବଦା କହୁଥିଲେ ସେ ପ୍ରତ୍ୟେକ ବ୍ୟକ୍ତିଠାରେ ଯିଶୁଙ୍କୁ ଦେଖିଥାଆନ୍ତି । ତେଣୁ ସବୁ କ୍ଷୁଧାର୍ଥ ଓ ରୋଗୀଣା ଲୋକମାନଙ୍କର ସେବା କରିବା ତାଙ୍କର କର୍ତବ୍ୟ । 'ନିର୍ମଳ ହୃଦୟ' ସାଙ୍ଗକୁ ସେ ସ୍ଥାପନକଲେ ପ୍ରେମଦାନ ଓ ଶାନ୍ତନଗର । ଶିଶୁମାନଙ୍କର ସେବା ପାଇଁ ସ୍ଥାପନ କଲେ ଶିଶୁଭବନ । ମଦର ଟେରେସାଙ୍କର ସେବା କରିବାର ପରିଷର ଅତି ବ୍ୟାପକ । ଗରିବ, ଦୁଃସ୍ଥ, ବୁଭୁକ୍ଷ, ମାଦକାସକ୍ତ, ଗୃହହୀନ ଓ ଜେଲ୍ ଫେରନ୍ତା କଇଦୀମାନଙ୍କର ସେବା ପୁର୍ନବାସ ପାଇଁ ମଦର ଟେରେସା ଲାଗିପଡିଥିଲେ । ମଦର ଟେରେସାଙ୍କୁ ଭାରତୀୟ ନାଗରିକତ୍ୱ ପ୍ରଦାନ କରାଗଲା । ମଦର ଟେରେସା ତାଙ୍କ ଅସାଧାରଣ ସେବା କାର୍ଯ୍ୟ ପାଇଁ ଅନେକ ସମ୍ମାନ ଓ ପୁରସ୍କାର ପାଇଛନ୍ତି । ୧୯୬୨ ମସିହାରେ ତାଙ୍କୁ ପ୍ରଦାନ କରାଯାଇଥିଲା 'ରାମୋନ୍ ମାଗ୍‌ସେସେ ପୁରସ୍କାର' । ତାହାଛଡା ପଦ୍ମଶ୍ରୀ, 'ପୋପ ଜନ୍ ଡଡଓଓଓ ଶାନ୍ତି ପୁରସ୍କାର', 'ଗୁଡ ସମରିଟାନ୍ ଆୱାର୍ଡ'' ଜନ୍ ଏଫ୍. କେନେଡି ଇନଟରନେସନାଲ ପୁରସ୍କାର', 'ଜବାହରଲାଲ୍ ନେହେରୁ ପୁରସ୍କାର', 'ଟେମ୍ପଲଟନ୍ ପୁରସ୍କାର', 'ମେଟେର୍ ଏଟ୍ ମାଜିଷ୍ଟ୍ରା ଆୱାର୍ଡ ଅଫ ଦି ଥାର୍ଡ ଅର୍ଡର ଅଫ୍ ସେଣଟ୍ ଫ୍ରାନସିସ୍ ଅଫ୍ ଆସ୍କିସି' ପୁରସ୍କାର ପାଇଥିଲେ । ତାଙ୍କର ଆଦର୍ଶ ଦୁଃସ୍ଥ ସେବା ହେତୁ ଶାନ୍ତି ପାଇଁ ସେ ୧୯୭୯ ମସିହାରେ ବିଶ୍ୱପ୍ରସିଦ୍ଧ ନୋବେଲ୍ ପୁରସ୍କାର ଲାଭ କଲେ ଓ ତାପରେ ସେ ଭାରତର ସର୍ବୋଚ୍ଚ ବେସାମରିକ ସମ୍ମାନ 'ଭାରତରତ୍ନ' ପାଇଲେ । କଲିକତାରେ ବି.ଏମ. ବିରଳା ହାର୍ଟ ରିସର୍ଚ୍ଚ କେନ୍ଦ୍ରରେ ଚିକିତ୍ସାଧୀନ ଥିବା ସମୟରେ ଆଲବେନିଆର ରାଷ୍ଟ୍ରପତି ସଲିବେରିଶା ୧୯୯୬ ମସିହା ନଭେମ୍ବର ମାସ ୨୭ ତାରଖରେ ମଦର ଟେରେସାଙ୍କୁ ନ୍ତ ଆଲବେନିଆ ସ୍ୱର୍ଣ୍ଣ ସମ୍ମାନନ୍ତ ପ୍ରଦାନ କରିଥିଲେ । ୧୯୯୬ ମସିହରେ ଆମେରିକା ସରକାର ତାଙ୍କୁ ପ୍ରଦାନ କରିଥିଲେ ସାମ୍ମାନିକ ନାଗରିକତ୍ୱ । ଏହି ମହିୟସୀ ମହିଳାଙ୍କର ୧୯୯୭ ମସିହା ସେପ୍ଟମ୍ବର ୫ ତାରିଖ ଦିନ ମହାପ୍ରୟାଣ ଘଟିଲା । ଟେରେସାଙ୍କୁ 'ମିଶନାରୀଜ୍ ଅଫ ଚାରିଟି' ର ହେଡକ୍ୱାଟର 'ମଦର ହାଉସକୁ' ନିଆଯାଇଥିଲା ଓ ସେଠାରେ ରାଷ୍ଟ୍ରୀୟ ମର୍ଯ୍ୟାଦା ସହ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା ।

ପାରାଦ୍ୱୀପଗଡ,କୁଜଙ୍ଗ,
ଜଗତ୍‌ସିଂହପୁର
ମୋ-୯୯୩୭୬୯୧୪୭୫

# ସତ୍‌ସଙ୍ଗର ଆହ୍ୱାନ : ଧର୍ମାନ୍ତରୀକରଣ ମୁକ୍ତ ଭାରତ



ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର

ସତ୍‌ସଙ୍ଗର ପ୍ରାଣପୁରୁଷ ପୁରୁଷୋତ୍ତମ ଯୁଗାବତାର ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ରଙ୍କର ସର୍ବଧର୍ମ ସମନ୍ୱୟକାରୀ ଆଚରଣ ଓ ଉଚ୍ଚାରଣରେ ବିମୋହିତ ହୋଇ ହିନ୍ଦୁ, ମୁସଲ୍‌ମାନ, ଖ୍ରୀଷ୍ଟିୟାନ, ବୌଦ୍ଧ, ଜୈନ ଇତ୍ୟାଦି ଭକ୍ତଗଣ ଜାତି, ଧର୍ମ, ବର୍ଣ୍ଣ ଓ ସମ୍ପ୍ରଦାୟ ନିର୍ବିଶେଷରେ ଆବାଳବୃଦ୍ଧବନିତା ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ରଙ୍କୁ ଗୁରୁ ରୂପେ ବରଣ କରିଥିଲେ । ଧର୍ମାନ୍ତରୀକରଣ ସମ୍ବନ୍ଧରେ ଯୁଗପୁରୁଷ ଶ୍ରୀ ଶ୍ରୀ ଠାକୁର କହିଲେ - ଧର୍ମ ଚିରଦିନ ହିଁ ଏକ ଏବଂ ତାହା ଆଚରଣର ବସ୍ତୁ । ଧର୍ମର କେବେହେଲେ ଭେଦ ହୁଏନାହିଁ । ଧର୍ମ କେବେହେଲେ ପିତୃପୁରୁଷ ବା ମନୁଷ୍ୟର ଅତୀତ ସତ୍ତାସମ୍ବର୍ଦ୍ଧନୀ କୃଷ୍ଟିକୁ ଅସ୍ୱୀକାର କରିବାକୁ ଶିଖାଏ ନାହିଁ । ଏକ କଥାରେ ଧର୍ମାନ୍ତରୀକରଣ ଧର୍ମର କୌଣସି ପରିଭାଷା ନୁହେଁ । ଶ୍ରୀ ଶ୍ରୀ ଠାକୁରଙ୍କର ଜନୈକ ଭକ୍ତ ହାର୍ଭାଡ଼ ବିଶ୍ୱବିଦ୍ୟାଳୟର ପ୍ରଫେସର ଏଡ଼୍‌ମଣ୍ଡ ସ୍ପେନ୍‌ସର୍ ଭାଇ ଏହା ଶୁଣି ଉତ୍‌ଫୁଲ୍ଲିତ ହୋଇଉଠିଲେ, କହିଲେ - ଆପଣ ଠିକ୍ କହିଛନ୍ତି, ବାଇବେଲରେ ମଧ୍ୟ ଏହାର ସମର୍ଥନ ଅଛି । ଶ୍ରୀ ସ୍ପେନ୍‌ସର୍ ଭାଇ ବାଇବେଲ୍‌ରୁ ପଢ଼ିଲେ - ହାୟ ! ଅଧାର୍ମିକ ଇହୁଦୀ ଧର୍ମବ୍ୟାଖ୍ୟାତାଗଣ, ତୁମ୍ଭେମାନେ ଜଣକୁ ସ୍ୱଧର୍ମ ତ୍ୟାଗ କରାଇବା ନିମିତ୍ତ ଜଳ, ସ୍ଥଳ ପରିଭ୍ରମଣ କରୁଛ ଏବଂ ଯେତେବେଳେ ସେଥିରେ କୃତକାର୍ଯ୍ୟ ହୁଅ, ସେତେବେଳେ ତୁମ୍ଭେମାନେ ତାକୁ ଏକ ନରକ ନନ୍ଦନ କରି ଉଠାଓ, ଯିଏକି ତୁମ ଠାରୁ ଦୁଇଗୁଣ ଖରାପ ହୋଇଉଠେ । (ମାଥ୍ୟୁ, ୨୩;୧୫) ଶ୍ରୀ ଶ୍ରୀ ଠାକୁର କହିଲେ - ବୁଝିରଖ ଏହା ବରାବର ଚାଲିଆସିଛି । ଆଉ ଆମ୍ଭେମାନେ ଏହାର ବିରୁଦ୍ଧ ଆଚରଣ କରୁଛୁ । ଧର୍ମାନ୍ତରୀକରଣ ଧର୍ମର ପରିପନ୍ଥୀ । କିନ୍ତୁ ପରିପୂରଣୀ ଦୀକ୍ଷା ଜିନିଷଟା ହେଲା ଅଲଗା, ଏଥିରେ ଗୁରୁତ୍ୟାଗ ହୁଏନାହିଁ, ବଂଶ ତ୍ୟାଗ ହୁଏନାହିଁ, କୃଷ୍ଟି ତ୍ୟାଗ ହୁଏନାହିଁ ବରଂ ପ୍ରତ୍ୟେକଟା ହିଁ ସ୍ଫୁରଣଦୀପନା ଲାଭକରେ । ମୋର ବକ୍ତବ୍ୟ ଏହା ଯେ - ପୂର୍ବତନ କୌଣସି ଏକ ଜଣଙ୍କୁ ନ ମାନିବା ହିଁ ମହାକ୍ଷତି । ବର୍ତ୍ତମାନ ପୂରକ ପୁରୁଷ ହେଉଛନ୍ତି ସର୍ବଦେବମୟୋଗୁରୁଃ । ପୂର୍ବତନ ପ୍ରତ୍ୟେକଟି ମହାପୁରୁଷ ତାଙ୍କ ମଧ୍ୟରେ ଜୀବନ୍ତ । ତାଙ୍କ ପାଖରେ ଧର୍ମାନ୍ତରକରଣ ନାହିଁ ବରଂ ଅଛି ନିଷ୍ଠା । ଧର୍ମାନ୍ତରକରା ମାନେ ବିଶ୍ୱାସଘାତକତା କରିବା ଓ ଏହା ଧର୍ମ ରାଜ୍ୟର କଥା ନୁହେଁ । ମୋ ପାଖକୁ ଜଣେ ଖ୍ରୀଷ୍ଟିୟାନ ଭକ୍ତ ଆସିଲେ ମୁଁ ତାକୁ କୁହେ - ଆହୁରି ଗଭୀର ଭାବେ ଖ୍ରୀଷ୍ଟିୟାନ୍ ହୁଅ, କୌଣସି ମୁସଲମାନ୍ ଭକ୍ତ ଆସିଲେ ତାଙ୍କୁ କୁହେ ଆହୁରି ଗଭୀର ଭାବେ ମୁସଲିମ୍ ହୁଅ । ଏହି ପ୍ରସଙ୍ଗରେ ପୁନରାୟ ଆମେରିକାନ୍ ଭକ୍ତ ସ୍ପେନ୍‌ସର୍ ଭାଇ ପରିପୂରଣୀ ଦୀକ୍ଷା ସମର୍ଥନରେ ବାଇବେଲ୍‌ରୁ ପଢ଼ି ଶୁଣାଇଲେ - ସ୍ୱର୍ଗୀୟ ଜୀବନବାଦରେ ଦୀକ୍ଷିତ ପ୍ରତିଟି ଇହୁଦୀ ଧର୍ମଶାସ୍ତ୍ରଜ୍ଞ ବ୍ୟକ୍ତି ସେହି ଗୃହୀର ସମତୁଲ୍ୟ ଯିଏ କି ତାର ଭଣ୍ଡାରରୁ ପ୍ରାଚୀନ ଓ ନବୀନ ସବୁକିଛି ବାହାର କରି ଦେଖାଇପାରେ । (ମାଥ୍ୟୁ. ୧୪;୫୧) ଜଣେ ମୌଲବୀ ସାହେବଙ୍କ ସହିତ ଇସ୍‌ଲାମ ସମ୍ପର୍କରେ କଥା କହୁ କହୁ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର କହିଲେ - ଇସ୍‌ଲାମ ଶବ୍ଦର ଅର୍ଥ ଖୋଦାଙ୍କ ଠାରେ ଆତ୍ମନିବେଦନ ବା ଶାନ୍ତି । କଲେମା, ନାମାଜ, ରୋଜା, ହଜ୍ ଓ ଜାକାତ୍ - ଏହି ପାଞ୍ଚଟି ଅନୁଷ୍ଠାନ ମୁସଲମାନ ମାନଙ୍କର ଅବଶ୍ୟ କରଣୀୟ । ପ୍ରତ୍ୟେକ ଶାସ୍ତ୍ରରେ ଏହି ବିଧାନ ଅବଶ୍ୟ ଅଛି, ହୁଏତ ବିଭିନ୍ନ ଭାଷାରେ ବା ନାମରେ । କଲେମା ଅର୍ଥ ଖୋଦାଙ୍କ ପାଖରେ ବିଶ୍ୱାସ ରଖି ପ୍ରେରିତ ପୁରୁଷଙ୍କୁ ସ୍ୱୀକାର କରି ତାଙ୍କ ଅନୁଶାସନରେ ଚାଲିବା । ଏହି ବିଶ୍ୱାସ, ସ୍ୱୀକୃତି ଓ ଅନୁସରଣ ହେଉଛି ଧର୍ମର ପ୍ରଥମ ଭିତ୍ତି । ହିନ୍ଦୁ ମାନଙ୍କ ମତରେ ସଦ୍‌ଗୁରୁଙ୍କ ପାଖରେ ଦୀକ୍ଷା ଗ୍ରହଣ ଓ ଖ୍ରୀଷ୍ଟିୟାନ୍ ମାନଙ୍କର ଅଭିଷେକ ପ୍ରଥା ରହିଛି । ବୌଦ୍ଧମାନେ ଆନୁଷ୍ଠାନିକ ଭାବେ ତ୍ରିଶରଣ ମନ୍ତ୍ର ଗ୍ରହଣ କରନ୍ତି । ନାମାଜ ମାନେ ସନ୍ଧ୍ୟା, ବନ୍ଦନା ଓ ପ୍ରାର୍ଥନା । ରୋଜା ମାନେ ଇଷ୍ଟଚିନ୍ତାପରାୟଣ ହୋଇ ସୁନିୟନ୍ତ୍ରିତ ଉପବାସ । ହଜ୍ ମାନେ ତୀର୍ଥଯାତ୍ରା । ଜାକାତ୍ ମାନେ ଧର୍ମାର୍ଥେ ଦାନ ଅର୍ଥ ଇଷ୍ଟଭୃତି । ଏହି ପଞ୍ଚନୀତି ସବୁଧର୍ମରେ ନିହିତ ଅଛି । ବିଦାୟ ହଜ୍‌ରେ ପୟଗମ୍ବର ରସୁଲ ଆଲ୍ଲା ଧର୍ମାନ୍ତରୀକରଣ ବିରୁଦ୍ଧରେ ତୀବ୍ର ଭାବେ ମତ ପ୍ରକାଶ କରିଛନ୍ତି । ହିନ୍ଦୁ ମାନଙ୍କର ଗୟାରେ ପିଣ୍ଡଦାନ, ଖ୍ରୀଷ୍ଟିୟାନ ମାନଙ୍କର ବିଚାରର ଦିନ ଓ ମୁସଲମାନ ମାନଙ୍କର ରୋଜକୟାମତ୍‌ର ଅର୍ଥ ଏକ ଓ କେବଳ ଭାଷାର ବିଭିନ୍ନତା । ଶ୍ରୀକୃଷ୍ଣ ଶବ୍ଦଯୋଗୀ ଥିଲେ । ଶ୍ରୀକୃଷ୍ଣଙ୍କ ହାତରେ ଥିଲା ବଂଶୀ ଓ ସେହି ବଂଶୀରୁ ରାଧା, ରାଧା ବୋଲି ଆୱାଜ ବାଜୁଥିଲା । ମୋର ମନେହୁଏ ଯୀଶୁଖ୍ରୀଷ୍ଟ ମଧ୍ୟ ଶବ୍ଦଯୋଗୀ ଥିଲେ । ବାଇବେଲ୍‌ରେ ଅଛି - ଆଦିରେ ବାକ୍ ଥିଲା, ବାକ୍ ଥିଲା ଈଶ୍ୱରଙ୍କ ପାଖରେ ଏବଂ ବାକ୍ ହିଁ ଈଶ୍ୱର । ରସୁଲ୍ ମଧ୍ୟ ନୂର ଓ ଆୱାଜ କଥା କହୁଥିଲେ । ଏହି ଶବ୍ଦ ସାଧନା ହିନ୍ଦୁ, ମୁସଲମାନ ଓ ଖ୍ରୀଷ୍ଟିୟାନ ସମସ୍ତଙ୍କ ଭିତରେ ଅଛି, ତେଣୁ ଧର୍ମାନ୍ତରୀକରଣ ହେଉଛି ଗୀତା, କୋରାନ୍ ଓ ବାଇବେଲ ବିରୋଧୀ । ତେଣୁ ବଜ୍ରକଣ୍ଠରେ ଯୁଗାବତାର ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ମାନବ ଜାତିକୁ ଆହ୍ୱାନ ଦେଲେ - ଭାରତ ! ଯଦି ଭବିଷ୍ୟତ କଲ୍ୟାଣକୁ ଆବାହନ କରିବାକୁ ଚାହଁ ତେବେ ସମ୍ପ୍ରଦାୟଗତ ବିରୋଧ ଭୁଲି ଜଗତର ପୂର୍ବ ପୂର୍ବ ଗୁରୁମାନଙ୍କ ପ୍ରତି ଶ୍ରଦ୍ଧା ସମ୍ପନ୍ନ ହୁଅ - ଆଉ ତୁମର ମୂର୍ତ୍ତ ଓ ଜୀବନ୍ତ ଗୁରୁ ବା ଭଗବାନଙ୍କ ପ୍ରତି ଆସକ୍ତ ହୁଅ ଏବଂ ସେହି ମାନଙ୍କୁ ହିଁ ସ୍ୱୀକାର କର ଯେଉଁମାନେ ତାଙ୍କୁ ଭଲ ପାଆନ୍ତି । କାରଣ ପୂର୍ବବର୍ତ୍ତୀଙ୍କୁ ଅଧିକାର କରି ହିଁ ପରବର୍ତ୍ତୀଙ୍କର ଆର୍ବିଭାବ ।

*ବିଭାଗୀୟ ମୁଖ୍ୟ, ହେପାଟୋଲୋଜି*
*ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ*
*ମେଡ଼ିକାଲ କଲେଜ, କଟକ,*
*ଦୂରଭାଷ : ୯୪୩୭୦୫୧୯୫୭*




# ମିଳିତ ସ୍ୱାସ୍ଥ୍ୟ - ଅର୍ଥମନ୍ତ୍ରୀ ବୈଠକ ଉଦ୍‌ଯାପିତ



ଭୁବନେଶ୍ୱର,(ପି.ଏନ): ଭାରତର ଜି୨୦ ପ୍ରେସିଡେନ୍ସି ଅଧୀନରେ ଗୁଜୁରାଟ ଗାନ୍ଧୀନଗରଠାରେ ଅନୁଷ୍ଠିତ ହୋଇଥିବା ମିଳିତ ସ୍ୱାସ୍ଥ୍ୟ-ଅର୍ଥମନ୍ତ୍ରୀ ବୈଠକ ଉଦ୍‌ଯାପିତ ହୋଇଯାଇଛି। ଏହି ବୈଠକରେ ସ୍ୱାସ୍ଥ୍ୟ ମନ୍ତ୍ରୀ ଏବଂ ଅର୍ଥମନ୍ତ୍ରୀ ମାନେ ଯୋଗ ଦେଇଥିଲେ। ଏହି ବୈଠକକୁ ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଏବଂ ଭାରତ ସରକାରଙ୍କ ସ୍ୱାସ୍ଥ୍ୟମନ୍ତ୍ରୀ ମନସୁଖ ମାଣ୍ଡଭିଆ ସହ-ସଭାପତିତ୍ୱ କରିଥିଲେ। ଏହି ଅବସରରେ ପରବର୍ତ୍ତୀ ମହାମାରୀ ସମ୍ବନ୍ଧୀୟ ଆଲୋଚନା କରାଯାଇଥିଲା। ମହାମାରୀର ନିରାକରଣ, ପ୍ରସ୍ତୁତି ଏବଂ ପ୍ରତିକ୍ରିୟା ପାଇଁ ସ୍ୱାସ୍ଥ୍ୟ ଏବଂ ଅର୍ଥ ମନ୍ତ୍ରଣାଳୟର ସହଯୋଗ ଜାରି ରଖିବା ପାଇଁ ଜି୨୦ ଦେଶଗୁଡ଼ିକ ଦ୍ୱାରା ଏକ ବୁଝାମଣା ହୋଇଥିଲା। କୋଭିଡ ୧୯ ମହାମାରୀଠାରୁ ଶିକ୍ଷା, ଜି୨୦ ଦେଶଗୁଡ଼ିକର ନିରାପତ୍ତା, ପ୍ରଭାବଶାଳୀ ଏବଂ ଗୁଣାତ୍ମକ ତଥା ସୁଲଭ ମୂଲ୍ୟରେ ଟିକା, ଚିକିତ୍ସା ଏବଂ ଅନ୍ୟାନ୍ୟ ବିଷୟକୁ ଗୁରୁତ୍ୱ ଦିଆଯାଇଥିଲା। ଏହି ବୈଠକରେ ସମସ୍ତ ଜି୨୦ ଦେଶ ଡିଜିଟାଲ ସ୍ୱାସ୍ଥ୍ୟ ସେବାକୁ ମହତ୍ତ୍ୱ, ସ୍ୱାସ୍ଥ୍ୟ ସେବାକୁ ମଜବୁତ କରିବା, ମାନସିକ ସ୍ୱାସ୍ଥ୍ୟ, ପୁଷ୍ଟିକର ଏବଂ ପ୍ରଜନନ ସ୍ୱାସ୍ଥ୍ୟ ସେବାକୁ ଦୃଢ଼ କରିବା ପାଇଁ ସ୍ୱାସ୍ଥ୍ୟ ସେବାରେ ଆଧୁନିକୀକରଣକୁ ସ୍ୱାଗତ ମଧ କରିଛନ୍ତି। ପୂର୍ବରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ ପରବର୍ତ୍ତୀ ଜରୁରୀକାଳୀନ ସ୍ୱାସ୍ଥ୍ୟ ପରିସ୍ଥିତିକୁ ରୋକିବା, ଟିକା ଏବଂ ଔଷଧ ବନ୍ଟନ ଓ ଏହାର ପ୍ରସ୍ତୁତି ସହିତ ସମସ୍ତ ଦେଶଗୁଡିକର ସହଯୋଗ ନିତ୍ୟାନ୍ତ ଆବଶ୍ୟକ ବୋଲି କହିଥିଲେ।

## ଦୁଇ କଂଟେନରରୁ ଗୋରୁ ଜବତ
### ଘଟଣା : ୬ ଗିରଫ

ମାଲକାନଗିରି, (ପି.ଏନ): ମାଲକାନଗିରି ଜିଲ୍ଲା ଏମଭି ୭୯ ପୋଲିସ ଗତକାଲି ନବରଙ୍ଗପୁର ଜିଲ୍ଲାରୁ ହାଇଦ୍ରାବାଦକୁ ଦୁଇଟି କଂଟେନରରେ ଗୋରୁ ଚାଲାଣ ହେଉଥିବା ବେଳେ ଜବତ କରିଥିଲେ। ଏହି ଚାଲାଣରେ ସମ୍ପୃକ୍ତ ଥିବା ହାଇଦ୍ରାବାଦର ସୟଦ ଜାଭେଦ, ମହମ୍ମଦ ଆସିକ ଖାନ, ମହମ୍ମଦ ଜାଫେର ସରିଫ ଏବଂ ଉତ୍ତରପ୍ରଦେଶର ମହମ୍ମଦ ଆଜାଦ, ମହମ୍ମଦ ଅଫଜାଲ ଓ ମହମ୍ମଦ ମକବୁଲ ଏହି ୬ ଜଣଙ୍କୁ ଗିରଫ କରିଥିଲେ। ଏହି ଗୋରୁ ଚାଲାଣ ରାକେଟରେ ଆଉ କାହାରି ସମ୍ପୃକ୍ତି ରହିଛି ସେ ବିଷୟରେ ଅଧିକ ପଚରା ଉଚୁରା ପରେ ଗିରଫ ଅଭିଯୁକ୍ତ ମାନଙ୍କୁ ଆଜି କୋର୍ଟଚାଲାଣ କରାଯାଇଛି।

# ଇଣ୍ଡିଆନ ଟେରେନ୍ ଏକ ଫେୟାରଟ୍ରେଡ କ୍ୟାପ୍‌ସୁଲ ସହିତ ହାଇ ଷ୍ଟ୍ରିଟ ଫେସନ୍‌ରେ ନିରନ୍ତରତାର ଅଗ୍ରଣୀ ସାଜିଛି

ଭୁବନେଶ୍ୱର : ବିଗତ ବର୍ଷଗୁଡ଼ିକରେ ନିରନ୍ତର ଏବଂ ଦାୟିତ୍ୱ ସଂପନ୍ନ ଗ୍ରାହକମାନେ ବ୍ରାଣ୍ଡଗୁଡ଼ିକୁ ସେମାନଙ୍କ ଯୋଗାଣ ଶୃଙ୍ଖଳାରେ ସ୍ୱଚ୍ଛତା ଓ ନିରନ୍ତରତା ପ୍ରଦର୍ଶନ କରିବା ଲାଗି ଉତ୍ସାହିତ କରୁଛନ୍ତି। ଗ୍ରାହକମାନଙ୍କୁ ଶ୍ରେଷ୍ଠ ଗୁଣାତ୍ମକ ମାନର ଉତ୍ପାଦ ଯୋଗାଇବା ନେଇ ୨୦ ବର୍ଷର ପ୍ରତିବଦ୍ଧତାକୁ ଦୋହରାଇ ଓ ଏକ ସୁଦୃଢ଼ ଜାତୀୟ ବ୍ରାଣ୍ଡ ସୃଷ୍ଟି କରିବା ଲାଗି ଦେଶର ଆହ୍ୱାନ ଅନୁସାରେ ଭାରତର ଅଗ୍ରଣୀ ପୁରୁଷ ପରିଧାନ ଓ ଶିଶୁ ପରିଧାନ ବ୍ରାଣ୍ଡ ଇଣ୍ଡିଆନ ଟିରେନ୍ ପକ୍ଷରୁ ପରିବେଶର ସୁରକ୍ଷା ଓ ଗୁଜରାଟର ଫେୟାରଟ୍ରେଡ ଚାଷୀଙ୍କୁ ସଶକ୍ତ କରିବା ଲାଗି ଏକ ସ୍ୱତନ୍ତ୍ର ନିରନ୍ତର ଫେସନ ପୋଷାକ ବର୍ଗ (ସଷ୍ଟେନେବଲ ଫେସନ୍ ଲାଇନ୍) ସୃଷ୍ଟି କରିବା ପାଇଁ ଫେୟାରଟ୍ରେଡ ଇଣ୍ଡିଆ ସହ ହାତ ମିଳାଯାଇଛି। ଫେସନ୍‌ର ସାମାଜିକ ଓ ପରିବେଶ ଉପସ୍ଥିତି ବୃଦ୍ଧି ପାଉଥିବାରୁ ପରିବର୍ତ୍ତନକୁ ଆଗକୁ ବଢ଼ାଇବା ବ୍ରାଣ୍ଡ ଲାଗି ଅଧିକ ଗୁରୁତ୍ୱପୂର୍ଣ୍ଣ ହୋଇପଡ଼ିଛି। ନିରନ୍ତର ଫେସନ୍‌କୁ ମୁଖ୍ୟସ୍ରୋତରେ ପରିଣତ କରିବା ଲାଗି ଇଣ୍ଡିଆନ ଟେରେନ୍ ଏହାର ଭୂମିକାକୁ ସ୍ୱୀକୃତି ଦେଇଛି। ଏହି ଦିଗରେ ପଦକ୍ଷେପ ସ୍ୱରୂପ ଏକ ଫାୟାରଟ୍ରେଡ କ୍ୟାପସୁଲ ଉନ୍ମୋଚନ କରିବା ଲାଗି ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡ ହେବାକୁ କଂପାନି ପ୍ରତିବଦ୍ଧ। ଇଣ୍ଡିଆନ ଟେରେନ୍‌ର ଫେୟାରଟ୍ରେଡ ଲେବଲ ଥିବା ସମ୍ଭାର/ କ୍ୟାପସୁଲର ଅର୍ଥ ହେଉଛି ସମ୍ଭାର/କ୍ୟାପସୁଲ ତିଆରି କରିଥିବା କ୍ଷେତ ଓ କାରଖାନାଗୁଡ଼ିକରେ ସାମାଜିକ ଓ ପରିବେଶ ନିରନ୍ତରତା ମାନକକୁ ପାଳନ କରାଯାଇଛି। ଏହାର ଅର୍ଥ ହେଉଛି-ଚାଷୀମାନେ ଉତ୍ପାଦିତ ସାମଗ୍ରୀ ପାଇଁ ଉଚିତ ମୂଲ୍ୟ ପାଉଛନ୍ତି, କେଣସି ହାନିକାରକ କିଟନାଶକ ବ୍ୟବହାର କରାଯାଇନାହିଁ, ଶିଶୁ ଶ୍ରମିକ ନିଷିଦ୍ଧ କରାଯାଇଛି ଏବଂ ଏହି ପୋଷାକଗୁଡ଼ିକ ତିଆରି ବେଳେ ପରିବେଶକୁ ସୁରକ୍ଷା ଦିଆଯାଇଛି। ଏହି ସହଯୋଗିତା ସଂପର୍କରେ ଶ୍ରୀଯୁକ୍ତ ଚରଥ ନରସିମହନ୍, ପରିଚାଳନା ନିର୍ଦ୍ଦେଶକ, ଇଣ୍ଡିଆନ ଟେରେନ୍ ଫେସନସ୍ ଲିମିଟେଡ କହିଛନ୍ତି ଯେ, ଠକ୍ଷଙ୍କକ୍ଷୱ;ଯେଉଁ ଫେସନ୍‌ର ଦୁନିଆକୁ ଆମେ ଜାଣିଥିଲୁ ତାହା ଉଦୀୟମାନ ହୋଇଛି ଏବଂ ବର୍ତ୍ତମାନ ତାହା ଅଧିକ ପରିବେଶ ସଚେତନ ହୋଇପଡ଼ିଛି। ଏକ ଅଧିକ ନିରନ୍ତର ଜୀବନଯାପନ ଶୈଳୀକୁ ଗ୍ରହଣ କରିବା ବିଷୟରେ ଗ୍ରାହକମାନଙ୍କ ମଧ୍ୟରେ ଆଲୋଚନା ବଢ଼ିଛି। ଫେୟାରଟ୍ରେଡ ସହିତ ଆମର ସହଯୋଗିତା ଜରିଆରେ ବିଶ୍ୱାସ, ନିରନ୍ତରତା ଏବଂ ଗୁଣାତ୍ମକ ମାନକୁ ନେଇ ବୃଦ୍ଧି ପାଉଥିବା ଆବଶ୍ୟକତାକୁ ପୂରଣ କରିବା ପାଇଁ ନିରନ୍ତରତା ଦିଗରେ ଏହା ହେଉଛି ଅନ୍ୟତମ ପଦକ୍ଷେପ, ତେଣୁ ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡରେ ପରିଣତ ହୋଇଛୁ ଯାହା ଗୁଜରାଟର ସୁରେନ୍ଦ୍ରନଗର ଜିଲ୍ଲାରୁ ଚାଷୀଙ୍କ ଠାରୁ ଫେୟାରଟ୍ରେଡ କଟନ୍ ସଂଗ୍ରହ କରି ସ୍ୱତନ୍ତ୍ର ଉତ୍ପାଦ ବର୍ଗ ତିଆରି କରୁଛି। ସେ ଆହୁରି କହିଛନ୍ତି ଯେ, ଆଗକୁ ଫେୟାରଟ୍ରେଡ କଟନ୍, ରିସାଇକଲଡ କଟନ୍, ରିସାଇକଲଡ ପଲିଷ୍ଟର ଏବଂ ଅର୍ଗାନିକ ଓ ପ୍ରାକୃତିକ ଫାଇବର ଯଥା ବାଉଁଶ, ହେମ୍ପ ଯାହାକୁ ଆସନ୍ତା ତିନି ବର୍ଷ ଭିତରେ ସଚେତନ ଭାବେ ଏବଂ ନିରନ୍ତରତାର ସହ ସଂଗ୍ରହ କରାଯାଇଥିବ ତାହାକୁ ବ୍ୟବହାର କରି ସମଗ୍ର ପୋର୍ଟଫୋଲିଓର ୫୦ ପ୍ରତିଶତରୁ ଅଧିକ ଉତ୍ପାଦ ଉତ୍ପାଦନ କରିବାକୁ ଆମେ ଚାହୁଁଛୁ। ଆମେ ସାର୍ଟିଫାଏଡ ଯୋଗାଣକାରୀଙ୍କ ସହ କାର୍ଯ୍ୟ କରିବୁ ଏବଂ ବ୍ୟବହାର ହେଉଥିବା କଂଚାମାଲ କେଉଁଠାରେ ମିଳୁଛି ତାହା ଗୁରୁତ୍ୱାରୋପ କରି ଆମର ଲକ୍ଷ୍ୟ ସହିତ ଯୋଗାଣ ଶୃଙ୍ଖଳ ସହଯୋଗୀମାନଙ୍କୁ ଜଡ଼ିତ କରିବା ନିଶ୍ଚିତ କରିବୁ। ଜୈବ ବିଘଟିତ ପ୍ୟାକେଜିଂ ଏବଂ ଉତ୍ପାଦ ବଂଟନ ଜରିଆରେ ଅନ୍ୟାନ୍ୟ ପ୍ରକ୍ରିୟା ପର୍ଯ୍ୟନ୍ତ ମଧ ଆମେ ନିରନ୍ତରତାକୁ ସଂପ୍ରସାରିତ କରିବୁ। ଫେୟାରଟ୍ରେଡ ଇଣ୍ଡିଆ ସହଯୋଗିତାରେ ଇଣ୍ଡିଆନ ଟେରେନ୍‌ର ନୂଆ ସମ୍ଭାର ସବୁଠୁ ଫେସନେବଲ ପୋଷାକ ସହିତ ଦାୟିତ୍ୱବାନ ଷ୍ଟାଇଲର ଭାବ ପ୍ରଦାନ କରୁଛି। ସ୍ୱତନ୍ତ୍ର ଗ୍ରାଫିକ ପ୍ରିଂଟର ବିବିଧତା, ସଲିଡ ଓ ପାଷ୍ଟେଲ ରଙ୍ଗ ମିଶ୍ରଣର ବର୍ଗ ସହିତ ଇଣ୍ଡିଆନ ଟେରେନ୍ ପୋଷାକର ଆରାମ ଏହି ପୋଷାକକୁ ନିଶ୍ଚିତ ଦରକାରରେ ପରିଣତ କରିଛି। ଏହି କ୍ୟାପସୁଲ ସମ୍ଭାର ବର୍ତ୍ତମାନ ପ୍ରଦାନ କରୁଛି ଟି;ର ସମ୍ଭାର ଯେଉଁଥିରେ ପୁରୁଷ ଓ ବାଳକଙ୍କ ପାଇଁ କ୍ରୁ ନେକ୍ ଟି-ସାର୍ଟ ରହିଛି ଏବଂ ଟି-ସାର୍ଟ ବ୍ୟତୀତ ସାର୍ଟ ଏବଂ ଟ୍ରାଉଜର ଆଦକି ନେଇ ଏକ ବୃହତ ସମ୍ଭାର ପର୍ଯ୍ୟନ୍ତ ଏହାକୁ ଆହୁରି ସଂପ୍ରସାରିତ କରାଯିବ। ପୁନଶ୍ଚ, ଗ୍ରାହକମାନେ ଇଣ୍ଡିଆନ ଟେରେନ୍ ଫେୟାରଟ୍ରେଡ ସମ୍ଭାରରୁ ଯେତେ ଅଧିକ ଉତ୍ପାଦ କିଣିବେ ଚାଷୀ ସଂଗଠନଗୁଡ଼ିକ ସେତେ ଅଧିକ ପରିମାଣର ଫେୟାରଟ୍ରେଡ ପ୍ରିମିୟମ ପାଇପାରିବେ। ନିରନ୍ତରତା ଆପଣଙ୍କୁ ଭଲ ଅନୁଭୂତି ପ୍ରଦାନ କରିବ। ଅଭିଶେଷ ଜାନି, ସିଇଓ, ଫେୟାରଟ୍ରେଡ ଇଣ୍ଡିଆ କହିଛନ୍ତି ଯେ, ବିଶ୍ୱ ଫେସନ୍ ଶିଳ୍ପ କୋଭିଡ-୧୯ର ପ୍ରଭାବ ଦେଇ ଗତି କରୁଥିବା ବେଳେ ନିରନ୍ତରତାର ପ୍ରସାର ପାଇଁ ଇଣ୍ଡିଆନ ଟେରେନ୍ ବଳିଷ୍ଠ ପଦକ୍ଷେପ ଗ୍ରହଣ କରିଛି। ସେମାନଙ୍କ ଫେୟାରଟ୍ରେଡ ସମ୍ଭାର ଉନ୍ମୋଚନ ସହିତ ଇଣ୍ଡିଆନ ଟେରେନ୍ କେବଳ ଏହି ଗ୍ରହ ଓ ଯୋଗାଣ ଶୃଙ୍ଖଳର ସମ୍ବେଦନଶୀଳ ଗୋଷ୍ଠୀ ପ୍ରତି ଗଭୀର ପ୍ରତିବଦ୍ଧତା ପ୍ରଦର୍ଶନ କରିନାହିଁ ବରଂ ଭାରତୀୟ କପା ଚାଷିଙ୍କୁ ସେମାନଙ୍କ ଉତ୍ପାଦ ପାଇଁ ଏକ ବଜାର ପ୍ରଦାନ କରିବା ସହ ସେମାନଙ୍କୁ ଉଚିତ ମୂଲ୍ୟ ପ୍ରଦାନ ପାଇଁ ପ୍ରତିବଦ୍ଧତାକୁ ଦୋହରାଇଛି। ଫେସନ୍ ଶିଳ୍ପରେ ପରିଚାଳିତ ହେଉଥିବା ବ୍ରାଣ୍ଡ ଓ ବ୍ୟବସାୟଗୁଡ଼ିକୁ ପ୍ରଦୂଷଣ ଓ ଶୋଷଣ ଚକ୍ରରେ ସେମାନଙ୍କ ଭୂମିକାଙ୍କୁ ମାନ୍ୟତା ଦେବାକୁ ପଡ଼ିବ କିମ୍ବା ସକାରାତ୍ମକ ପରିବର୍ତ୍ତନ ଓ ସାମାଜିକ ସଶକ୍ତୀକରଣର ବାର୍ତ୍ତାବହ ହେବାକୁ ପଡ଼ିବ।

# ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟରେ ନୂଆ ଉଦାହରଣ ସୃଷ୍ଟି କରାଯାଇଛି

ଭୁବନେଶ୍ୱର: ନିର୍ମାଣ ଯନ୍ତ୍ରାଂଶ, ହେଭି ଯନ୍ତ୍ରାଂଶ କ୍ଷେତ୍ରରେ ବିଭିନ୍ନ ଉତ୍ପାଦ ଉପଲବ୍ଧ କରାଉଥିବା ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟ ସମୟରେ ଏକ ନୂଆ ଉଦାହରଣ ସୃଷ୍ଟି କରାଯାଇଛି। କମ୍ପାନୀ ପକ୍ଷରୁ ଏହାର ସମସ୍ତ ୩୫ ଡିଲରଙ୍କୁ ସାମ୍ପ୍ରତିକ ଆହ୍ୱାନମୂଳକ ସମୟରେ ବହୁବିଧ ଆବଶ୍ୟକ ସହାୟତା ଯୋଗାଇ ଦିଆଯାଇଛି। କ୍ରେଡିଟ୍ ସମୟସୀମାକୁ କମ୍ପାନୀ ପକ୍ଷରୁ ବର୍ଦ୍ଧିତ କରାଯାଇଛି। ଏହି ସୁବିଧା ସମସ୍ତ ନିର୍ମାଣ ଯନ୍ତ୍ରାଂଶ ଏବଂ ସ୍ପେୟାର ପାର୍ଟସ୍ ପାଇଁ ଉପଲବ୍ଧ ହେଉଛି। ସେହିପରି ଗ୍ରାହକଙ୍କ ଓ୍ୱାରେଟିଂ ସମୟକୁ ମଧ ବଢ଼ାଇ ଦିଆଯାଇଛି। କମ୍ପାନୀରେ କାର୍ଯ୍ୟ କରୁଥିବା ୧୧୦୦ରୁ ଅଧିକ କର୍ମଚାରୀଙ୍କୁ ଦରମା ସହାୟତା ମଧ ଯୋଗାଇ ଦିଆଯାଇଛି। ଭାରତ ଏବଂ ଦକ୍ଷିଣ ଏସିଆରେ ଥିବା ଏହାର ପେ ରୋଲ୍ କର୍ମଚାରୀଙ୍କ ପାଇଁ ଏହି ସୁବିଧା ଲାଗୁ ହୋଇଛି। ଡିଲରଙ୍କୁ ଯୋଗାଇ ଦିଆଯାଇଥିବା ସହାୟତା ଯୋଗୁ ୩ ପ୍ରକାର ଲାଭ ମିଳି ପାରିଛି। ଡିଲରମାନେ ସେମାନଙ୍କର ମାନବସମ୍ବଳର ଉପଯୋଗ କରିପାରିଛନ୍ତି। ସେହିପରି ବ୍ୟବସାୟିକ ଧାରାକୁ ବଜାୟ ରଖିବା ସହିତ ବଜାର ଖୋଲିବା ପରେ ପୁଣି ସୁବିଧାରେ କାରବାର ଆରମ୍ଭ କରିପାରିଛନ୍ତି। ଏହି ଯୋଜନାବଦ୍ଧ ରଣନୀତି ଦ୍ୱାରା କମ୍ପାନୀ ୨୦୧୯ ତୁଳନାରେ ଲକ୍‌ଡାଉନ୍ ହଟିବା ପରେ ଗତ ୨ମାସ ଅଗଷ୍ଟ ଏବଂ ସେପ୍ଟେମ୍ବର ମଧ୍ୟରେ ବ୍ୟବସାୟ ବୃଦ୍ଧିରେ ଅଗ୍ରଗତି କରିପାରିଛି। କମ୍ପାନୀର ଏକ୍ସାଭେଟର ମାର୍କେଟ ଶେୟାର ୧୪.୫ ପ୍ରତିଶତରେ ପହଂଚିଛି। ଏହାର ଅଭିବୃଦ୍ଧି ହାର ୧୫ ପ୍ରତିଶତ ରହିଛି। ସେହିପରି କ୍ରାୱଲ କ୍ରେନ୍‌ର ମାର୍କେଟ ଶେୟାର ୪୫ ପ୍ରତିଶତ ଥିବାବେଳେ ଏହାର ଅଭିବୃଦ୍ଧି ହାର ୮୦ ପ୍ରତିଶତ ରହିଛି। ଟ୍ରକ୍ କେନ୍‌ର ମାର୍କେଟ ଶେୟାର ୭୦ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୧୦ ପ୍ରତିଶତ ଛୁଇଁଛି। ପିଲିଂ ରିଗ୍‌ର ମାର୍କେଟଶେୟାର ୭୫ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୨୪ ପ୍ରତିଶତ ରହିଛି। ମୋଟୋର ଗ୍ରେଡ୍‌ର ମାର୍କେଟ ଶେୟାର ୧୧ ପ୍ରତିଶତ ଥିବାବେଳେ ଏହା ଅଭିବୃଦ୍ଧି ହାର ୧୦ ପ୍ରତିଶତ ରହିଛି। ସାନୀ ଇଣ୍ଡିଆ ଡିଲରମାନଙ୍କୁ ସବୁବେଳେ ଏହାର କାରବାର ବୃଦ୍ଧି ପାଇଁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଭାବେ ବିବେଚନା କରିଥାଏ। କମ୍ପାନୀର ପଦକ୍ଷେପ ଯୋଗୁ ଡିଲରମାନଙ୍କୁ ଆବଶ୍ୟକ ଆର୍ଥିକ ସହାୟତା ମିଳିପାରିଛି। ଏହି ଅବସରରେ ସାନୀ ଗ୍ରୁପ୍‌ର ଭାରତ ତଥା ଦକ୍ଷିଣ ଏସିଆ ମୁଖ୍ୟ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଦୀପକ ଗର୍ଗ କହିଲେ, “ ଆମେ ଆର୍ଥିକ ସହାୟତାକୁ ଉପଯୁକ୍ତ ମାର୍ଗରେ ପରିଚାଳିତ କରିପାରିଛୁ। ଏହାଦ୍ୱାରା ଡିଲରମାନେ ବିଶେଷ ଉପକୃତ ହୋଇପାରିଛନ୍ତି। ମହାମାରୀ ସଙ୍କଟ ସମୟରେ ସହାୟତା ଯୋଗୁ ଡିଲରମାନେ ସେମାନଙ୍କ କାରବାରକୁ ବନ୍ଦ ନ କରି ଜାରି ରଖିପାରିଛନ୍ତି। କୋଭିଡ୍ ସଙ୍କଟ ଆମମାନଙ୍କୁ ଅସୁବିଧା ସମୟରେ କିଭଳି ସହାୟତା ଦ୍ୱାରା କାରବାର ବୃଦ୍ଧି କରାଯାଇ ପାରିବ ତାହାର ଏକ ଗୁରୁତ୍ୱପୂର୍ଣ୍ଣ ଶିକ୍ଷା ଦେଇଛି। ମହାମାରୀ ସଙ୍କଟ ସମୟରେ ପୃଥିବୀର ବହୁ କମ୍ପାନୀ ସେମାନଙ୍କର କର୍ମଚାରୀଙ୍କୁ ଛଟେଇ କରିବା ଆରମ୍ଭ କରିଥିଲେ। ଏପରିସ୍ଥଳେ ସାନୀ ଇଣ୍ଡିଆ ପଦୋନ୍ନତି ଏବଂ ଦରମା ବୃଦ୍ଧି କରିଥିଲା। କମ୍ପାନୀର ଏଭଳି ଦୂର ଦୃଷ୍ଟି ସମ୍ପନ୍ନ ଆର୍ଥିକ ନୀତିର ସକାରାତ୍ମକ ପ୍ରଭାବ ଏହାର ଆର୍ ଆଣ୍ଡ ଡି ଉପରେ ଅନୁଭୂତ ହୋଇଛି। ଲକ୍‌ଡାଉନ୍ ସମୟରେ ଗ୍ରାହକ ଏବଂ ଫାଇନାନ୍ସର,ମଲ୍ଟିପୁଲ ଟ୍ରେନିଂ ଏବଂ ଡେଭଲପମେଂଟ୍ କାର୍ଯ୍ୟ ଆଦି ସମ୍ପନ୍ନ ହୋଇପାରିଛି।

# ନିଶାନ୍ ଇଣ୍ଡିଆ ପକ୍ଷରୁ ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ବି-ଏସ୍‌ୟୁଭି ଉନ୍ମୋଚିତ

ଭୁବନେଶ୍ୱର: ‘ମେକ୍ ଇନ୍ ଇଣ୍ଡିଆ, ମେକ୍ ଫର୍ ୱାର୍ଲ୍ଡ’ ଦର୍ଶନ ଉପରେ ନିର୍ମିତ ନିଶାନ ଇଣ୍ଡିଆ ଏହାର ବହୁ ପ୍ରତିକ୍ଷୀତ ବି-ଏସ୍‌ୟୁଭି ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍‌କୁ ଉନ୍ମୋଚନ କରିଛି। ନିଶାନ୍-ନେସ୍ କନ୍‌ସେପ୍ଟର ଏକ ବାସ୍ତବ ପ୍ରତିଫଳନ ନୂଆ ନିଶାନ୍ ମାଗ୍ନାଇଟ୍‌କୁ ଏକ ଭର୍ଚୁଆଲ ଇଭେଂଟ୍ ଜରିଆରେ ସମଗ୍ର ବିଶ୍ୱର ଦର୍ଶକଙ୍କ ପାଇଁ ଉନ୍ମୋଚିତ କରାଯାଇଥିଲା। ଏସମ୍ପର୍କରେ ନିଶାନ ମୋଟର ଇଣ୍ଡିଆର ଅଧକ୍ଷ, ସିନାନ୍ ଓଜ୍‌କୋକ୍ କହିଛନ୍ତିଯେ, “ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ଆମର ନିଶାନ୍ ନେକ୍ସଟ୍ ରଣନୀତି କ୍ଷେତ୍ରରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରୁଛି ଏବଂ ଏକ ଗ୍ରାହକ କୈନ୍ଦ୍ରିକ ସଂସ୍ଥା ଭାବେ ଭାରତୀୟ ବଜାର ପାଇଁ ନିଶାନ୍‌ର ଅବିସ୍ମରଣୀୟ ପ୍ରତିଶ୍ରୁତିର ପ୍ରତିନିଧିତ୍ୱ କରୁଛି। ଏହି କାର୍ ସମୃଦ୍ଧ ଅଭିଜ୍ଞତା ପାଇଁ ଆକର୍ଷଣୀୟ ଉତ୍ପାଦ ଡେଲିଭର କରିବା ଲାଗି ଆମେ କରୁଥିବା ସବୁକିଛିର କେନ୍ଦ୍ରରେ ଗ୍ରାହକଙ୍କୁ ରଖିବା ନେଇ ଆମର ବ୍ରାଣ୍ଡ ଫିଲୋସୋଫିକୁ ଦୋହରାଉଛି।” ଅଲ୍-ନ୍ୟୁ ନିଶାନ ମାଗ୍ନାଇଟ୍ ହେଉଛି ନିରନ୍ତର ଉଦ୍ଭାବନ, ଅତ୍ୟାଧୁନିକ ଟେକ୍ନୋଲୋଜି ଓ ଜାପାନିଜ୍ ଇଞ୍ଜିନିୟରିଙ୍ଗ୍‌ର ନିଶାନର ଗ୍ଲୋବାଲ ଏସ୍‌ୟୁଭି ଡିଏନ୍‌ଏର ଏକ ପ୍ରମାଣ। ଏଥିରେ ନିଶାନ୍ ଇଂଟେଲିଜେଂଟ୍ ମୋବିଲିଟି (ଏନ୍‌ଆଇଏମ୍) ର ଅଂଶ ଭାବେ ନୂତନ ଟେକ୍ନୋଲୋଜି ଏବଂ ଯାନଗୁଡିକୁ କିଭଳି ସମାଜ ସହ ପାରିଚାଳିତ, ଡ୍ରାଇଭେନ୍ ଓ ଇଂଟିଗ୍ରେଟେଡ୍ କରାଯିବ ତାହାକୁ ନେଇ କମ୍ପାନୀର ଆଭିମୁଖ୍ୟ ସାମିଲ ରହିଛି। ଜାପାନରେ ଡିଜାଇନ୍ ହୋଇଥିବା ଓ ଭାରତୀୟ ଗ୍ରାହକଙ୍କ ଆବଶ୍ୟକତା ଓ ଆକାଂକ୍ଷାକୁ ଦୃଷ୍ଟିରେ ରଖି ନିର୍ମିତ ଅଲ୍ ନ୍ୟୁ ନିଶାନ ମାଗ୍ନାଇଟ୍‌ରେ ଏକାଠିକ ଫାର୍ଷ୍ଟ-ଇନ୍-କ୍ଲାସ୍ ଓ ବେଷ୍ଟ-ଇନ୍-ସେଗ୍‌ମେଂଟ୍ ଫିଚର ରହିଛି। ଏହାର ଫାର୍ଷ୍ଟ-ଇନ୍-କ୍ଲାସ୍ ପ୍ଲେୟାର ଗାର୍‌ନେଟ୍ ରେଡ୍ (ଟିଂଟ୍ କୋଟ୍) କଲର୍ ଗଭୀରତା ଓ ଉନ୍ନତ ଗୁଣବତା ସହ ପ୍ରିମିୟମନେସ୍‌କୁ ପ୍ରତିଫଳନ କରୁଛି। ଏହା ୯ଟି ବଡି କଲର୍‌ଏ ୫ଟି ମୋନୋଟୋନ୍ ଓ ୪ଟି ଡୁଆଲ ଟୋନ୍ କଲର୍‌ରେ ଉପଲବ୍ଧ ହେଉଛି। ଏହି କାର୍‌ରେ ସବୁଠାରୁ ପତଳା ହେଡ୍‌ଲ୍ୟାମ୍ପ, ହାଲୁକା ସେପର-ଷ୍ଟାଇଲ୍ ଟର୍ଣ୍ଣ ଇଣ୍ଡିକେଟର୍, ଏଲ୍- ସେପ୍ ଏଲ୍‌ଇଡି ଡେଟାଇମ୍ ରନିଙ୍ଗ ଲାଇଟ୍‌ସ (ଡିଆର୍‌ଏଲ୍) ଓ ଡୋମିନେଟିଙ୍ଗ୍ ଫ୍ରଂଟ୍ ଗ୍ରିଲ୍ ରହିଛି। ଏଥିରେ ବ୍ୟାପକ ଶୃଙ୍ଖଳାର ଆକ୍‌ସେସରିଜ୍, ଏକ ୱାୟାରଲେସ୍ ଚାର୍ଜର୍, ଏୟାର ପ୍ୟୁରିଫାୟାର, ପଡଲ୍ ଲ୍ୟାମ୍ପ ଓ ଆମ୍ବିଏଂଟ୍ ମୁଡ୍ ଲାଇଟିଙ୍ଗ ଥିବା ଟେକ୍ ପାକ୍ ରହିଛି।

# ସାମସଙ୍ଗ ଇଣ୍ଡିଆର ସବୁଠାରୁ ବଡ଼ ପାର୍ବଣ ଅଫର ରିୱାର୍ଡ଼ ଇୟୋରସେଲ୍ଫର ଶୁଭାରମ୍ଭ

ଭୁବନେଶ୍ୱର: ଭାରତର ଅଗ୍ରଣୀ ଇଲେକ୍ଟ୍ରୋନିକ୍ସ ଏବଂ ସ୍ମାର୍ଟଫୋନ୍ ବ୍ରାଣ୍ଡ, ସାମସଙ୍ଗ ପକ୍ଷରୁ ଚଳିତ ପାର୍ବଣକୁ ଆହୁରି ଅଧିକ ଆକର୍ଷଣୀୟ କରିବା ପାଇଁ ‘ରିୱାର୍ଡ଼ ଇୟୋରସେଲ୍ଫ’ ଅଭିଯାନର ଶୁଭାରମ୍ଭ କରାଯାଇଛି । ‘ରିୱାର୍ଡ଼ ଇୟୋରସେଲ୍ଫ’ ଅଭିଯାନ ସହିତ, ଗ୍ରାହକମାନେ ଏଚଡ଼ିଏଫସି କ୍ରେଡ଼ିଟ କାର୍ଡ଼ ଏବଂ ଡ଼େବିଟ କାର୍ଡ଼ ଏବଂ ଏସବିଆଇ କ୍ରେଡ଼ିଟ କାର୍ଡ଼ ଉପରେ ୧୦% କ୍ୟାଶବ୍ୟାକ ପାଇବା ସହିତ ଆକର୍ଷଣୀୟ ବଣ୍ଡଲ ଅଫର ଏବଂ ସାମସଙ୍ଗର ବିସ୍ତୃତ ସ୍ମାର୍ଟଫୋନ୍ ଶୃଙ୍ଖଳ, ଓୟେରେବୁଲସ ଏବଂ ଟାବଲେଟ ଇତ୍ୟାଦି ପାଇବାର ସୁବିଧା ରହିଛି । ଏହି ପରିପ୍ରେକ୍ଷୀରେ ସାମସଙ୍ଗ ଇଣ୍ଡିଆର ମୋବାଇଲ ବିଜନେସର, ବରିଷ୍ଠ ଉପାଧ୍ୟକ୍ଷ, ଶ୍ରୀ ମୋହନଦୀପ୍ ସିଂ କହିଛନ୍ତି ଯେ, “ପାର୍ବଣ ସମୟରେ ଆମର ଗ୍ରାହକ ମାନଙ୍କ ଉତ୍ସାହକୁ ଆହୁରି ବୃଦ୍ଧି କରିବା ପାଇଁ, ଆମ୍ଭେମାନେ ଆମର ଅଫର ଗୁଡ଼ିକରେ କ୍ୟାଶବ୍ୟାକ, ସର୍ବନିମ୍ନ ମାସିକ କିସ୍ତି ଏବଂ ଅନ୍ୟ ଆକର୍ଷଣୀୟ ଯୋଜନାମାନ ନେଇଆସିଛୁ ।” ସାମସଙ୍ଗର ‘ରିୱାର୍ଡ଼ ଇୟୋରସେଲ୍ଫ’ ଅଭିଯାନ ଅନେକ ଗୁଡ଼ିଏ ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓୟାରବୁଲସ ଉପରେ ଉପଲବ୍ଧ ଥିବାବେଳେ, ଏହି ପାର୍ବଣ ସମୟରେ ଗାଲାକ୍ସି ଡ଼ିଭାଇସ କ୍ରୟ କରୁଥିବା ପ୍ରତ୍ୟେକ ଗ୍ରାହକଙ୍କ ପାଇଁ ସୁନିଶ୍ଚିତ ପୁରସ୍କାର ନେଇଆସିଛି । ଏହି ଅଫରରେ ୪୯୯୯ ଟଙ୍କାରୁ ୧୦୪୯୯୯ଟଙ୍କା ମଧ୍ୟରେ ରହିଥିବା କେତେକ ବଛାବଛା ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓୟେରେବୁଲସ ଉପରେ ଏଚଡ଼ିଏଫସି ବ୍ୟାଙ୍କ କାର୍ଡ଼ରେ ୧୦% କ୍ୟାଶବ୍ୟାକ ସୁବିଧା ରହିଛି । ଏହି ଅଫର ଅକ୍ଟୋବର ୧୫ ରୁ ଅକ୍ଟୋବର ୨୭, ୨୦୨୦ ପର୍ଯ୍ୟନ୍ତ ବୈଧ । ୪୯୯୯ଟଙ୍କାରୁ ୪୭୯୯୯ଟଙ୍କାର ସମସ୍ତ ଗାଲାକ୍ସି ସ୍ମାର୍ଟଫୋନ୍ ଏବଂ ବଛାବଛା ଟାବଲେଟ ଏବଂ ଓୟେରବୁଲସରେ ଏସବିଆଇ କ୍ରେଡ଼ିଟ କାର୍ଡ଼ରେ ୧୦% କ୍ୟାଶବ୍ୟାକ ଉପଲବ୍ଧ । ଏହି ଅଫର ଅକ୍ଟୋବର ୨୮ ରୁ ନଭେମ୍ବର ୧୭, ୨୦୨୦ ପର୍ଯ୍ୟନ୍ତ ବୈଧ ।ଗାଲାକ୍ସି ନୋଟ ୨୦ କ୍ରୟ କରୁଥିବା ଗ୍ରାହକମାନେ ତୁରନ୍ତ ୧୦,୦୦୦ ଟଙ୍କାର କ୍ୟାଶବ୍ୟାକ ପାଇପାରିବେ । ଏହି ଅଫର ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫, ୨୦୨୦ ପର୍ଯ୍ୟନ୍ତ ବୈଧ । ଗାଲାକ୍ସି ଏ ସିରିଜ ଏବଂ ସମସ୍ତ ଫ୍ଲାଗସିପ୍ ଡ଼ିଭାଇସ ଉପରେ ଗ୍ରାହକମାନେ ନୋ କଷ୍ଟ ଇଏମଆଇ ସହିତ ଜିରୋ ଡ଼ାଉନପେମେଂଟ ସୁବିଧା ପାଇପାରିବେ । ଗ୍ରାହକମାନେ ୧୩,୦୦୦ ଟଙ୍କା ପର୍ଯ୍ୟନ୍ତର ଅପଗ୍ରେଡ଼ ବୋନସ ପାଇପାରିବା ସହିତ ଚଳିତବର୍ଷ ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫ ପର୍ଯ୍ୟନ୍ତ ଗାଲାକ୍ସି ନୋଟ୨୦ ଅଲଟ୍ରା କ୍ରୟରେ ୭୦୦୦ ଟଙ୍କା ମୁଲ୍ୟର ସାମସଙ୍ଗ ଭାଉଚର ପାଇପାରିବେ । ଗ୍ରାହକମାନେ ଏହି ଭଳି ଆହୁରି ଅନେକ ଆକର୍ଷଣୀୟ ଅଫରକୁ ଉପଭୋଗ କରିପାରିବେ । ଏହି ପାର୍ବଣ ଅଫରଗୁଡ଼ିକ ଅଗ୍ରଣୀ ରିଟେଲ ଷ୍ଟୋର ଏବଂ ସାମସଙ୍ଗ ଡ଼ଟ କମରେ କ୍ରୟ ଉପରେ ଉପଲବ୍ଧ ।

# କୋଟାକ ମ୍ୟୁଚୁଆଲ ଫଣ୍ଡ୍ ଶୁଭାରମ୍ଭ କଲା ଡିଜିଟାଲ ପ୍ରଚାର ଅଭିଯାନ

ମୁମ୍ବଇ : “ଲକ୍‌ଡାଉନ ପରବର୍ତ୍ତୀ ସମୟରେ ଆପଣ କ’ଣ କରିବେ ?” ଉପଭୋକ୍ତାଙ୍କର ଏହି ମାନସିକତା ପ୍ରତି ଦୃଷ୍ଟିଦେଇ କୋଟାକ ମହିନ୍ଦ୍ରା ଆସେଟ୍ ମ୍ୟାନେଜମେଠକ୍ଷୱ; କମ୍ପାନୀ (କୋଟାକ ମ୍ୟୁଚୁଆଲ ଫଣ୍ଡ) ତାହାର ଡିଜିଟାଲ ପ୍ରଚାରର ଅଭିଯାନ ‘ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା’(ଶୁଭାରମ୍ଭ ସମ୍ପର୍କରେ ଘୋଷଣା କରିଛି- ଯାହାର ଅର୍ଥ ସ୍ୱପ୍ନରେ କଦାପି ଲକ୍‌ଡାଉନ ହୋଇପାରିବ ନାହିଁ। କୋଟାକ ମହିନ୍ଦ୍ରାର ‘ଲେଟ୍‌ସ ପ୍ଲାନ’ ଶିକ୍ଷାଭିତ୍ତିକ ଅନ୍‌ଲାଇନ ପ୍ଲାଟଫର୍ମ ଜରିଆରେ ପ୍ରଚଳନ କରାଯାଇଥିବା ଏହି ପ୍ରଚାର ଅଭିଯାନଦ ସ୍ୱପ୍ନକୁ ସାକାର କରିବା ପାଇଁ ନିୟମିତ ସଞ୍ଚୟ ଏବଂ ନିବେଶ କରିବାର ଗୁରୁତ୍ୱ ଉପରେ ଆଲୋକପାତ କରୁଛି। ବିଷୟବସ୍ତୁ ଏବଂ ଏକ ସହଜରେ ବୁଝିହେଉଥିବା ହିସାବ ସହାୟତାରେ ଏହି ଅଭିଯାନ ଉପଭୋକ୍ତାଙ୍କୁ ଅନ୍ତରୀଣ ଜଟିଳ ସମୟରେ ଉପଯୁକ୍ତ ମାର୍ଗରେ ଅଗ୍ରସର ହେବା ଏବଂ ସେମାନଙ୍କର ଆର୍ଥିକ ଯାତ୍ରାରେ ସଠିକ ପଥରେ ପରିଚାଳିତ ହୋଇ ସେମାନେ ହାସଲ କରିବାକୁ ଚାହୁଁଥିବା ଆର୍ଥିକ ଲକ୍ଷ୍ୟ ହାସଲରେ ସହାୟତା କରୁଛି। ଚାକିରୀ ଅଥବା ଜୀବିକା ଉପାର୍ଜନ ଉତ୍ସ ହରାଇବା ପରେ, ସାମ୍ପ୍ରତିକ ଦୃଶ୍ୟପଟ୍ଟରେ ଏସଆଇପିକୁ ବନ୍ଦ ରଖିବା ଅଥବା ଜାରି ରଖିବା, ସୀମିତ ବେତନ ମଧ୍ୟରେ କିଭଳି ଖର୍ଚ୍ଚ ଓ ପୁଞ୍ଜିନିବେଶକୁ ପରିଚାଳନା କରିବା ଆଦିକୁ ନେଇ ଜୀବନ ସହିତ କିଭଳି ଆଗକୁ ବଢିବାକୁ ହେବ ସେ ସମ୍ପର୍କିତ ଅନେକ ପ୍ରାସଙ୍ଗିକ ପ୍ରଶ୍ନର ଉତ୍ତର ଏହାର ବିଷୟବସ୍ତୁରେ ରହିଛି। ବିବିଧ ଡିଜିଟାଲ ମାଧ୍ୟମରେ ପ୍ରସାରିତ ହେବାକୁ ଥିବା ଏହି ପ୍ରଚାର ଅଭିଯାନର ଭିଡିଓରେ ଜୀବନର ବିଭିନ୍ନ କ୍ଷେତ୍ରରୁ ଉପଭୋକ୍ତାଙ୍କର ଆଶା ଆକାଙ୍‌କ୍ଷା ପ୍ରଦର୍ଶିତ ହୋଇଛି ଏବଂ ‘ଲେଟ୍‌ସ ପ୍ଲାନ୍’ କିଭଳି ଜନସାଧାରଣଙ୍କ ସ୍ୱପ୍ନକୁ ସୋପାନ ପରେ ସୋପାନ ସାକାର କରିବାରେ ସହାୟକ ହେଉଛି, ତାହା ବର୍ଣ୍ଣନା କରିଛି କୋଟାକ ମହିନ୍ଦ୍ରା ଆସେଟ ମ୍ୟାନେଜମେଉୟ’ କମ୍ପାନୀ ଲିମିଟେଡର ଡିଜିଟାଲ ବିଜନେଓ ମାର୍କେଟିଂ ମୁଖ୍ୟ କିଞ୍ଜାଲ ଶାହ କହିଛନ୍ତି, “ଆମର ପୁରସ୍କାରପ୍ରାପ୍ତ ପ୍ରଚାର ଅଭିଯାନ ‘ଟକ୍ ଟୁ ମିଷ୍ଟର ଏସଆଇପି’ ପରେ ‘ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା’ ଉପଭୋକ୍ତାଙ୍କୁ ନୂତନ ସ୍ୱାଭାବିକ ପରିସ୍ଥିତିରେ ସେମାନଙ୍କର ଭବିଷ୍ୟତ ସମ୍ପର୍କରେ ଯୋଜନା କରିବା ଦିଗରେ ସହାୟତା କରିବାକୁ ଏକ ଅନନ୍ୟ ଶିକ୍ଷାଭିତ୍ତିକ ନିବେଶକ ପ୍ରୟାସ ହୋଇଛି। ଏହି ପ୍ରଚାର ଅଭିଯାନର ମୂଳ ତତ୍ତ୍ୱ ହେଉଛି- ବିଶ୍ୱସ୍ତରରେ ଜୀବନ ଜୀବିକାକୁ ଧୂଳିସାତ୍ କରିଦେଇଥିବା ଭୟାନକ କରୋନାଭୂତାଣୁ ମହାମାରୀ କୋଭିଡ-୧୯ କଦାପି ଆର୍ଥିକ ଯୋଜନା ପ୍ରସ୍ତୁତି ପ୍ରକ୍ରିୟାରେ ସ୍ଥାଣୁତା ନଆଣୁ। ‘ଲେଟ୍‌ସ ପ୍ଲାନ୍’ ସହିତ ଉପଭୋକ୍ତାଙ୍କୁ ଏସଆଇପିର ପ୍ରମାଣିତ ଶକ୍ତି ବଳରେ ସେମାନଙ୍କ ଭବିଷ୍ୟତ ଯୋଜନା ପାଇଁ ଆବଶ୍ୟକ କରୁଥିବା ସାଧନ ଓ ସୂଚନା ପ୍ରଦାନକରି ସେମାନଙ୍କୁ ସଶକ୍ତ କରୁଛି।” ଏହି ପ୍ରଚାର ଅଭିଯାନ ଡିଜିଟାଲ ମାର୍କେଟିଂ ସଂସ୍ଥା ହାଇପର୍ କନେକ୍ଟ ଦ୍ୱାରା ପ୍ରସ୍ତୁତ କରାଯାଇଛି। ହାଇପର୍ କନେକ୍ଟର ସହ ପ୍ରତିଷ୍ଠାତା ତଥା କ୍ରିଏଟିଭ ମୁଖ୍ୟ କିରଣ ଖାଡ୍‌କେ କହିଛନ୍ତି, ‘ସ୍ୱପ୍ନ ସଂପୂର୍ଣ୍ଣ ମାଗଣା, ତାହା ଜଣକୁ କେବଳ ସମ୍ଭାବନା ରହିଥିବାର ବିଶ୍ୱାସ ପ୍ରଦାନ କରେ। ଆମେ ଏହି ମୌଳିକ ତତ୍ତ୍ୱକୁ ବାଛିଲୁ ଏବଂ ତାହାକୁ ଏସଆଇପିର ମୂଳ ବିଷୟ ସହିତ ସଂଯୁକ୍ତ କଲୁ, ଏବଂ ତାହାପରେ ଏହି ପ୍ରଚାର ଅଭିଯାନ ସୃଷ୍ଟିହେଲା। ଭିଡିଓରେ ଏହି ବର୍ଣ୍ଣନାକୁ ପ୍ରତିପାଦନ କରାଯାଇଛି ଏବଂ ଏହାର ବିଷୟବସ୍ତୁ ନୂତନ ତଥା ପୂର୍ବରୁ ରହିଥିବା ନିବେଶକଙ୍କୁ ସହଜ ହିସାବ ଜରିଆରେ ସେମାନଙ୍କ ସ୍ୱପ୍ନକୁ ନେଇ ଅତ୍ୟନ୍ତ ସୂକ୍ଷ୍ମ ଭାବରେ ଯୋଜନା ପ୍ରସ୍ତୁତ କରିବାରେ ସହାୟତା କରୁଛି।”

# ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ଉପଯୋଗ କଲା ଇଣ୍ଡିଆ ପାୱାର

ଭୁବନେଶ୍ୱର: ଏକ ଅଗ୍ରଣୀ ଶକ୍ତି ୟୁଟିଲିଟି ଇଣ୍ଡିଆ ପାୱାର କର୍ପୋରେସନ ଲିମିଟେଡ (ଇଣ୍ଡିଆ ପାୱାର) ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ସୁଲଭ ମୂଲ୍ୟରେ ଉପଯୋଗ କରିବାରେ ଧ୍ୱଜାଧାରୀ ଭାବେ ଉଭା ହୋଇଛି। ୧୯୧୯ରୁ ଉପଭୋକ୍ତାଙ୍କୁ ବିଦ୍ୟୁତ ଯୋଗାଇ ଆସୁଥିବା ରାଷ୍ଟ୍ରାୟତ୍ତ ଦିଶେରଗଡ ପାୱାର ସପ୍ଲାଇ କମ୍ପାନୀ (ଡିପିଏସ୍‌ସି)କୁ ଅଧିଗ୍ରହଣ କରିବା ଦ୍ୱାରା କମ୍ପାନୀ ତାହାର ସେବା ଯୋଗାଣରେ ସରକାରୀ ଏବଂ ଘରୋଇ କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିଛି। ଏହି ଅଧିଗ୍ରହଣ ଏକ ଆଧୁନିକ ୟୁଟିଲିଟି ସୃଷ୍ଟି କରିଛି ଯାହା ଗ୍ରାହକଙ୍କୁ ସେମାନେ ଦେଉଥିବା ମୂଲ୍ୟର ଉପଯୁକ୍ତ ସେବା ଦେବା ବ୍ୟବସ୍ଥାରେ ଉନ୍ନତି ଆଣିବା ନିମନ୍ତେ ଅଗ୍ରଣୀ ପ୍ରଯୁକ୍ତିକୁ ବ୍ୟବହାର କରୁଛି ଏବଂ ସମାଜ ପ୍ରତି ନିଜର ଦୃଢ ପ୍ରତିଶ୍ରୁତିବଦ୍ଧତା ରଖୁଛି। ଇଣ୍ଡିଆ ପାୱାର ଡିପିଏସ୍‌ସିର ଠିକାରେ ଥିବା କର୍ମଚାରୀଙ୍କ ସମେତ ପ୍ରାୟ ୨୦୦୦ କର୍ମଚାରୀଙ୍କୁ ସଶକ୍ତ କରିଛି ଏବଂ ସେମାନଙ୍କୁ ନିଜର ପୂର୍ବରୁ ରହିଥିବା ଲୋକଶକ୍ତି ସହିତ ସମନ୍ୱିତ କରିଛି। ଏହା ଏକ ଅନନ୍ୟ ସାଂସ୍କୃତିକ ସଂପ୍ରୀତି ସୃଷ୍ଟି କରିପାରିଛି ଯାହା କମ୍ପାନୀ ଭିତରେ ନୂତନ ଉଦ୍ଭାବନ ଏବଂ ସୃଜନଶୀଳତା ସଂସ୍କୃତିକୁ ପ୍ରୋତ୍ସାହିତ କରୁଛି। ଇଣ୍ଡିଆ ପାୱାର ତାହାର ଘରୋଇ, ବାଣିଜ୍ୟିକ ଏବଂ ଶିଳ୍ପ ଉପଭୋକ୍ତାଙ୍କୁ ଉନ୍ନତତର ସେବା ସୁଲଭ ମୂଲ୍ୟରେ ଯୋଗାଇବା ସକାଶେ ନେଟୱର୍କ ଓ ଆବଠକ୍ଷୱ;ନ ଭିତ୍ତିଭୂମିକୁ ଉନ୍ନତ କରିବାକୁ ୫୦୦ କୋଟି ଟଙ୍କାରୁ ଅଧିକ ନିବେଶ କରିଛି। ନୂତନ ଭୌଗୋଳିକ ଅଞ୍ଚଳରେ ନିଜର କାର୍ଯ୍ୟକ୍ରମକୁ ସମ୍ପ୍ରସାରିତ କରିବା ପାଇଁ ସାନି ପୁଞ୍ଜିନିବେଶ କରିବାକୁ କମ୍ପାନୀ ପ୍ରତିଶ୍ରୁତିବଦ୍ଧ ଏବଂ ଉପଭୋକ୍ତା ଯେଭଳି ଭୋଲ୍‌ଟେଜରେ ହ୍ରାସବୃଦ୍ଧି, ଶକ୍ତି ବିଭ୍ରାଟ, ଶକ୍ତି ଯୋଗାଣରେ ବିଫଳତା ଏବଂ ଲୋଡ ସେଡିଂ ଆଦି କାରଣରୁ ପ୍ରଭାବିତ ନୁହଅନ୍ତି ତାହା ନିଶ୍ଚିତ କରିବାକୁ ବହୁ ରାଜ୍ୟ ସରକାରଙ୍କ ସହିତ ନିବିଡ ଭାବରେ ମିଶି କାର୍ଯ୍ୟ କରୁଛି। ମଧ୍ୟପ୍ରଦେଶ ସରକାର ଇଣ୍ଡିଆ ପାୱାରର ସହଯୋଗୀ କମ୍ପାନୀ ଏମ୍‌ପି ସ୍ମାର୍ଟଗ୍ରୀଡ ପ୍ରାଇଭେଟ ଲିମିଟେଡକୁ ନିକଟରେ ଏକ ପ୍ରଥମ ଧରଣର ପ୍ରକଳ୍ପ ପ୍ରଦାନ କରିଛନ୍ତି। କମ୍ପାନୀ ଉଜ୍ଜୟିନ, ରତ୍‌ଲାମ, ଦେୱାସ, ଖାରଗୋନ୍ ଏବଂ ମାଉ ଆଦି ସ୍ଥାନରେ ୩୫୦,୦୦୦ ସ୍ୱାର୍ଟ ମିଟର ସ୍ଥାପନ କାର୍ଯ୍ୟ ଆରମ୍ଭ କରିଛି। ଉପଭୋକ୍ତାଙ୍କ ଘରେ ସ୍ମାର୍ଟ ମିଟର ସ୍ଥାପନ ସହିତ ଏହି ପ୍ରକଳ୍ପରେ ଏକ ପାୱାର ନେଟୱର୍କ ପାଇଁ ଭିତ୍ତିଭୂମି ସ୍ଥାପନ ଏବଂ ପାଞ୍ଚବର୍ଷ ପର୍ଯ୍ୟନ୍ତ ତାହାର ପରିଚାଳନା ଓ ରକ୍ଷଣାବେକ୍ଷଣ (ଓ ଆଣ୍ଡ ଏମ୍) ମଧ୍ୟ ଅନ୍ତର୍ଭୁକ୍ତ। ସରକାରୀ ଓ ଘରୋଇ କ୍ଷେତ୍ରର ସମ୍ମିଳିତ ସାମର୍ଥ୍ୟକୁ ସାକାର ରୂପ ଦେବାନେଇ କମ୍ପାନୀର ସାମର୍ଥ୍ୟ ସମ୍ପର୍କରେ ପ୍ରକାଶକରି ଇଣ୍ଡିଆ ପାୱାରର ପରିଚାଳନା ନିର୍ଦ୍ଦେଶକ ଶ୍ରୀ ରାଘବ ରାଜ କନୋରିଆ କହିଛନ୍ତି, “ଇଣ୍ଡିଆ ପାୱାରରେ ଆମେ ଦୁଇଟି କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିବାରେ ସମର୍ଥ ହୋଇଛୁ। ଉପଭୋକ୍ତା ସନ୍ତୁଷ୍ଟିକୁ ଆଗେଇନେବାରେ ଘରୋଇ କ୍ଷେତ୍ରର ଉଲ୍ଲେଖନୀୟ ସାମର୍ଥ୍ୟ ହେଉ କିମ୍ବା କର୍ମଚାରୀ କଲ୍ୟାଣ ନିମନ୍ତେ ସରକାରୀ କାର୍ଯ୍ୟ ସଂସ୍କୃତି- ଇଣ୍ଡିଆ ପାୱାର ସବୁ କ୍ଷେତ୍ରରେ ସଫଳ ହୋଇଛି। ଆମେ ଡିପିଏସ୍‌ସିର ସମସ୍ତ କର୍ମଚାରୀଙ୍କୁ ବଜାୟ ରଖିଛୁ, ସେମାନଙ୍କୁ ପୁନଃ ତାଲିମ ପ୍ରଦାନ ସହିତ ସଶକ୍ତ କରିଛୁ, ଆଡଭାନ୍‌ସଡ ମିଟରିଂ ଇନଫ୍ରାଷ୍ଟ୍ରକଚର (ଏଏମ୍‌ଆଇ), ଏସ୍‌ସିଏଡିଏ ଏବଂ ଇଠକ୍ଷୱ;ରନେଟ ଅଫ୍ ଥିଙ୍ଗସ (ଆଇଓଟି) ଭଳି ଆଧୁନିକ ପ୍ରଯୁକ୍ତିକୌଶଳରେ ପୁଞ୍ଜିନିବେଶ କରିବା ସହିତ ଆମର ସମସ୍ତ ଅଂଶୀଦାରଙ୍କ ପାଇଁ ଏକ ଲାଭଜନକ ପରିବେଶ ସୃଷ୍ଟି କରିଛୁ।” ଇଣ୍ଡିଆ ପାୱାର୍‌ର ପୂର୍ଣ୍ଣକାଳୀନ ନିର୍ଦ୍ଦେଶକ ତଥା ଶକ୍ତି ଶିଳ୍ପର ଜଣେ ପ୍ରବୀଣ ବ୍ୟକ୍ତି ଶ୍ରୀ ସୋମେଶ ଦାସଗୁପ୍ତା କହିଛନ୍ତି, “ଡିପିଏସ୍‌ସି ଏହାର ଲାଇସେନ୍ସ ଅଧୀନ ଅଞ୍ଚଳରେ ଥିବା ଗୁରୁତ୍ୱପୂର୍ଣ୍ଣ ଖଣି କ୍ଷେତ୍ରଗୁଡିକୁ ଏକାଗ୍ରତା, ଉତ୍ସର୍ଗୀକୃତ ଭାବ ଏବଂ ଶୃଙ୍ଖଳିତ ଭାବେ ଶକ୍ତି ଯୋଗାଇ ଦେଉଛି। ଅଧିଗ୍ରହଣ ପରବର୍ତ୍ତୀ ସମୟରେ ଇଣ୍ଡିଆ ପାୱାର ସୁଲଭତା ସହିତ ମାନକୁ ସଂଯୁକ୍ତ କରିଛି ଏବଂ ଉପଭୋକ୍ତାଙ୍କ ପାଇଁ ସେମାନଙ୍କ ଅର୍ଥର ଉପଯୁକ୍ତ ମୂଲ୍ୟ ପ୍ରଦାନ ସ୍ଥିତିରେ ପୁନଃ ଉନ୍ନତି ଆଣିଛି। ସରକାରୀ କ୍ଷେତ୍ର ସେବା ଯୋଗାଣରେ ଘରୋଇ କ୍ଷେତ୍ରର ଅଭିଜ୍ଞତାକୁ ସମ୍ମିଶ୍ରିତ କରିବାରେ କମ୍ପାନୀ ଏକ ମାନଦଣ୍ଡ ସ୍ଥାପନ କରିଛି ଏବଂ ସମଗ୍ର ଭାରତରେ ରାଜ୍ୟ ସରକାରମାନଙ୍କ ଦ୍ୱାରା ଏକ ପସନ୍ଦଯୋଗ୍ୟ ସହଭାଗି ଭାବରେ ବିବେଚିତ ହେଉଛି।

## ବୈଷୟିକ ଶିକ୍ଷା ପରେ ନିଯୁକ୍ତି ପାଇ ସମ୍ମାନିତ ହେଲେ ଶୁକଦେବ

ପୁରୀ, (ପି.ଏନ): ଜିଲ୍ଲାର ପ୍ରତାପ ରାମଚନ୍ଦ୍ର ପୁର, ବାଲିସାହିର ପିତୃମାତୃହୀନ ଶୁକଦେବ ପ୍ରଧାନ ସରକାରୀ ଶିଳ୍ପ ତାଲିମ କେନ୍ଦ୍ର, ପୁରୀରୁ ଇଲେକ୍ଟ୍ରୋନିକ୍ସ ମେକାନିକ ପାଠ୍ୟକ୍ରମରେ ଉତୀର୍ଣ୍ଣ ହୋଇ ମାରୁତି ସୁଜୁକି ପ୍ରାଇଭେଟ କମ୍ପାନୀ ଅହମଦାବାଦରେ ନିଯୁକ୍ତି ପାଇଛନ୍ତି। କ୍ୟାମ୍ପସ ଚୟନ ମାଧ୍ୟମରେ ଶୁକଦେବ ନିଯୁକ୍ତି ପାଇବା ପରେ ତାଙ୍କୁ ପ୍ରଶଂସାପତ୍ର, ପୁଷ୍ପଗୁଚ୍ଛ ଦେଇ ଅତିରିକ୍ତ ଜିଲ୍ଲାପାଳ ପ୍ରଦୀପ କୁମାର ସାହୁ ସମ୍ବର୍ଦ୍ଧିତ କରିଛନ୍ତି ଓ ଶୁକଦେବଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି। ସେ ହେଉଛନ୍ତି ଉତ୍କଳ ବାଳାଶ୍ରମ, ପୁରୀର ଅନ୍ତେବାସୀ। ଏହା ପୂର୍ବରୁ ସେ ଆଚାର୍ଯ୍ୟ ହରିହର ଶିଶୁ ଭବନ, ସାକ୍ଷୀଗୋପାଳରେ ରହୁଥିଲେ ଏବଂ ସରକାରଙ୍କ ତରଫରୁ ପୃଷ୍ଟପୋଷାକ ସହାୟତା ପାଉଥିଲେ।



# ମୋ ଓଡ଼ିଶା

## ଚାଷ ଓ ଚାଷୀ ସମସ୍ୟା ନେଇ କିଷାନ କଂଗ୍ରେସର ଆନ୍ଦୋଳନ ଡାକରା

ଭୁବନେଶ୍ୱର (ପିଏନ୍)- ଗଞ୍ଜାମ ଜିଲ୍ଲା ସମ୍ପୂର୍ଣ୍ଣ କୃଷି ଉପରେ ନିର୍ଭରଶୀଳ। କୃଷି କ୍ଷେତ୍ରରେ ବିକାଶ ହେଲେ ଜିଲ୍ଲାର କୃଷକଙ୍କ ଅର୍ଥନୈତିକ ବିକାଶ ହେବ। ଖୋଦ୍ ମୁଖ୍ୟମନ୍ତ୍ରୀ ଏହି ଜିଲ୍ଲାରୁ ପ୍ରତିନିଧିତ୍ୱ କରିଛନ୍ତି। କିନ୍ତୁ ଦୁର୍ଭାଗ୍ୟର ବିଷୟ ଏହି ୨୦ ଲକ୍ଷରୁ ଉର୍ଦ୍ଧ୍ୱ ଲୋକ ନିଜ ଭିଟାମାଟି ଛାଡ଼ି ବାହାର ରାଜ୍ୟରେ ଦାଦନ ଖଟୁଛନ୍ତି। ଫସଲ ହାନୀ ଓ ଋଣବୋଝରେ ଚାଷୀ ଆତ୍ମହତ୍ୟା କରୁଛି। ଜଳସେଚନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍। ପନିପରିବା ସଂରକ୍ଷଣ ପାଇଁ ଶୀତଳଭଣ୍ଡାରଟିଏ ନାହିଁ। ଚାଷୀ ତା'ର ଉତ୍ପାଦିତ ଫସଲର ଉପଯୁକ୍ତ ମୂଲ୍ୟ ପାଉନାହିଁ। ଫଳରେ ଏମ.ଏସ.ପି.ଠାରୁ କମ୍ ଦାମରେ ଧାନ ବିକ୍ରିକରି ବାରମ୍ବାର ଅଭାବୀ ବିକ୍ରିର ଶିକାର ହେଉଛି। ପୂରାତନ ଆସ୍କା ଚିନିକଳର ଦୁରାବସ୍ଥା କହିଲେ ନ ସରେ। କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଜିଲ୍ଲାର ୪୦ ପ୍ରତିଶତ ଚାଷୀଙ୍କୁ ଅନ୍ତର୍ଭୁକ୍ତ କରାଯାଇନାହିଁ। ସାରର ଅହେତୁକ ଅଭାବ ଓ ମୂଲ୍ୟବୃଦ୍ଧି, ଫସଲ ବୀମା କ୍ଷତିପୂରଣ ପାଇବାରେ ବହୁ ଚାଷୀ ବଞ୍ଚିତ ହେଉଛନ୍ତି। ଏହିସବୁ ସମସ୍ୟାଗୁଡ଼ିକର ଆଶୁ ସମାଧାନ ପାଇଁ ଜିଲ୍ଲାର କୁକୁଡ଼ାଖଣ୍ଡି ବ୍ଲକ ବଉଳଝୋଲିଠାରେ ୫୦୦ରୁ ଉର୍ଦ୍ଧ୍ୱ ଚାଷୀଙ୍କୁ ନେଇ ଗତ ୨୫ ତାରିଖ ଦିନ ଜିଲ୍ଲାସ୍ତରୀୟ କିଷାନ ଚିନ୍ତନ ଶିବିର ଜିଲ୍ଲା କିଷାନ କଂଗ୍ରେସ ଅଧ୍ୟକ୍ଷ ବୃନ୍ଦାବନ ଖଟେଇଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଅମିୟ କୁମାର ପଟ୍ଟନାୟକ, ଜିଲ୍ଲା କଂଗ୍ରେସ କମିଟି ସଭାପତି ତଥା ସାନଖେମୁଣ୍ଡିର ବିଧାୟକ ରମେଶ ଜେନା ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ଉପସ୍ଥିତ ଥିବା ଚାଷୀମାନଙ୍କ ସହିତ ବିସ୍ତୃତ ଆଲୋଚନା କରିବା ପରେ କୃଷି ଓ କୃଷକଙ୍କ ବିକାଶ ପାଇଁ ସରକାରଙ୍କ ଯୋଜନା କେବଳ ପ୍ରଚାର ଓ ପ୍ରସାରସର୍ବସ୍ୱ ହୋଇଛି। ଉଭୟ ସରକାର ଚଳିତ ୨୦୨୨ ସୁଦ୍ଧା ଚାଷୀର ଆୟ ଦୁଇଗୁଣା ବୃଦ୍ଧି କରିବା ପାଇଁ ଦେଇଥିବା ପ୍ରତିଶ୍ରୁତି ବାସ୍ତବତାଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଚାଷୀ ସଂଗଠିତ ହୋଇ ଆନ୍ଦୋଳନ କରିଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ତିନୋଟି କଳା କୃଷି ଆଇନ ପ୍ରତ୍ୟାହାର କଲେ। ଆଜି ସେହିଭଳି ଗଞ୍ଜାମ ଜିଲ୍ଲାର ୨୨ଟି ବ୍ଲକର ଚାଷୀମାନେ ଏକତ୍ରିତ ହୋଇ ଆନ୍ଦୋଳନକୁ ଓହ୍ଲାଇଲେ ଚାଷୀ ତାର ହକ୍ ନିଶ୍ଚୟ ପାଇପାରିବ ବୋଲି ସେମାନେ କହିଥିଲେ। ଆସନ୍ତା ନଭେମ୍ବର ୧୫ ତାରିଖ ସୁଦ୍ଧା ଜିଲ୍ଲାର ପ୍ରତି ବୁଥ୍, ପଞ୍ଚାୟତ, ବ୍ଲକ ଓ ଜିଲ୍ଲାସ୍ତର ପର୍ଯ୍ୟନ୍ତ କିଷାନ କଂଗ୍ରେସ ସଂଗଠନକୁ ସକ୍ରିୟ କରାଯିବା ସହିତ ପ୍ରତି ବ୍ଲକସ୍ତରରେ କିଷାନ ଚିନ୍ତନ ଶିବିର ଆୟୋଜନ ଓ ଆସନ୍ତା ଡିସେମ୍ବର ମାସରେ ଉଭୟ ବିଜେପି ବିଜେଡ଼ି ସରକାରଙ୍କ ଚାଷୀମାରଣ ନୀତି ବିରୁଦ୍ଧରେ ବିଶାଳ ଚାଷୀ ସମାବେଶ ଆୟୋଜନ କରିବାକୁ ନିଷ୍ପତ୍ତି ନିଆଯାଇଛି। ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୨୯୩୦ ଟଙ୍କାକୁ ବୃଦ୍ଧି ଓ ଏମ.ଏସ.ପି.ର ଆଇନଗତ ବ୍ୟବସ୍ଥା, କୃଷି ଇନପୁଟ୍ ସବସିଡ଼ର ୨ଗୁଣା ବୃଦ୍ଧି, ପ୍ରତି ବ୍ଲକସ୍ତରରେ ଶୀତଳ ଭଣ୍ଡାର ନିର୍ମାଣ, ମହାନଗର ନିଗମ ଅଞ୍ଚଳରେ ଓମଫେଡ଼ ଭଳି ଭେଜଫେଡ ପ୍ରତିଷ୍ଠା, ଚାଷକାର୍ଯ୍ୟ ପାଇଁ ପ୍ରତି ବ୍ଲକରେ ୫୦ ପ୍ରତିଶତ ଜଳସେଚନ ବ୍ୟବସ୍ଥା, ପଞ୍ଚାୟତ ପରିବର୍ତ୍ତେ ପ୍ରତି ରାଜସ୍ୱ ଗ୍ରାମକୁ ଏକକ ୟୁନିଟ୍ ଭାବେ ଗ୍ରହଣ, ସମସ୍ତ ଚାଷୀଙ୍କୁ କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଅନ୍ତର୍ଭୁକ୍ତ ଓ ବାର୍ଷିକ ୨୪ ହଜାର ଟଙ୍କା ସହାୟତା ରାଶି ପ୍ରଦାନ, ଆସ୍କା ଚିନିକାରଖାନାର ନୂତନ ରୂପାନ୍ତରିତ, ଜିଲ୍ଲାରେ ସୂତାକଳ ପ୍ରତିଷ୍ଠା, ଦାଦନ ଶ୍ରମିକ ରୋକିବା ପାଇଁ କୃଷି କ୍ଷେତ୍ରରେ ମନରେଗା କାର୍ଯ୍ୟକ୍ରମର ସଂପ୍ରସାରଣ ଓ କୃଷିଭିତ୍ତିକ ଶିଳ୍ପ ଓ ଖାଦ୍ୟ ପ୍ରକ୍ରିୟା ଓ ପ୍ରସ୍ତୁତିକରଣ ୟୁନିଟ୍ ସ୍ଥାପନ ଏବଂ ଗୋପାଳପୁରଠାରେ କିଆଫୁଲରୁ ଅତର ପ୍ରକ୍ରିୟାକରଣ ୟୁନିଟ୍ ସ୍ଥାପନ ପାଇଁ କିଷାନ କଂଗ୍ରେସ ପକ୍ଷରୁ ଦୃଢ଼ ଦାବୀ କରାଯାଇଛି।

ସାରା ଭାରତବର୍ଷରେ ଚାଷୀ ଆଜି ଅସୁରକ୍ଷିତ। ବେକାରୀ ସମସ୍ୟା ବଢ଼ିଚାଲିଛି। ଆକାଶଛୁଆଁ ଦରଦାମ୍ ବୃଦ୍ଧି ସାଧାରଣ ଜନଜୀବନକୁ ବିପନ୍ନ କରିଛି। ସମ୍ବିଧାନ ଅସୁରକ୍ଷିତ। ଧର୍ମ ନାମରେ ଜାତିଆଣ ଭାବ ସୃଷ୍ଟି କରାଯାଉଛି। ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ର ଭାରତବର୍ଷର ସାମଗ୍ରୀକ ବିକାଶ ପାଇଁ ଏବଂ ମୋଦି ସରକାରକୁ ଚେକ୍ ଦେବାପାଇଁ ଏ.ଆଇ.ସି.ସି.ର ପୂର୍ବତନ ଅଧ୍ୟକ୍ଷ ଶ୍ରୀ ରାହୁଲ ଗାନ୍ଧୀ ଗତ ୭ ତାରିଖଠାରୁ ଯେଉଁ 'ଭାରତ ଯୋଡ଼' ଯାତ୍ରା ଜାରି ରଖିଛନ୍ତି, ଏଥିରେ ଦେଶର ସବୁ ବର୍ଗର ଲକ୍ଷ ଲକ୍ଷ ଲୋକ ସ୍ୱତଃପ୍ରବୃତ୍ତ ସମର୍ଥନ ଜଣାଉଛନ୍ତି। ଭାରତ ଯୋଡ଼ ଯାତ୍ରାର ସଫଳତା ପାଇଁ ଆସନ୍ତା ଅକ୍ଟୋବର ୩୧ ତାରିଖ ଦିନଠାରୁ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଦୀର୍ଘ ୨୨ଶହ କିଲୋମିଟର ବ୍ୟାପୀ ଓଡ଼ିଶା ପରିକ୍ରମା କରିବା ବେଳେ ଗଞ୍ଜାମ ଜିଲ୍ଲାରୁ ହଜାର ହଜାର ଚାଷୀ ଶ୍ରୀ ପଟ୍ଟନାୟକଙ୍କ ନେତୃତ୍ୱର ପରିକ୍ରମା ଯାତ୍ରାରେ ସାମିଲ ହେବା ପାଇଁ ନିଷ୍ପତ୍ତି ହୋଇଛି। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା କିଷାନ କଂଗ୍ରେସ ସଂଯୋଜକ କେ. ଶ୍ୟାମସୁନ୍ଦର ଦୋରା, ରାଜ୍ୟ କିଷାନ କଂଗ୍ରେସର ରାଜ୍ୟ ଉପାଧ୍ୟକ୍ଷ ସୁବାଷ ରାଉତ, ସମ୍ପାଦକ ସାଇ ପ୍ରସାଦ ପାତ୍ର, ପଦ୍ମଚରଣ ସାହୁ, ଦିଗପହଣ୍ଡି ନଗରପାଳ ପ୍ରଫୁଲ୍ଲ ଚନ୍ଦ୍ର ପଣ୍ଡା, ଜିଲ୍ଲା ଯୁବ କଂଗ୍ରେସ ସଭାପତି ସନାତନ ସାହୁ ପ୍ରମୁଖ ବକ୍ତବ୍ୟ ରଖିଥିଲେ।

## ଧର୍ମଶାଳା ମୋ କଲେଜ ଅଭିଯାନ ବୈଠକ



ଧର୍ମଶାଳା (ପିଏନ୍): ଜାରକାସ୍ଥିତ ଧର୍ମଶାଳା ମହାବିଦ୍ୟାଳୟ ପରିସରରେ ମୋ କଲେଜ ଅଭିଯାନ ବୈଠକ ଅନୁଷ୍ଠିତ ହୋଇଯାଇଛି। କଲେଜର ଅଧ୍ୟକ୍ଷ ତପନ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, କଲେଜ ପରିଚାଳନା କମିଟି ସଭାପତି ଡ. ପ୍ରିୟନାଥ ମହାପାତ୍ର ଯୋଗଦେଇଥିଲେ। ଧର୍ମଶାଳା ମହାବିଦ୍ୟାଳୟ ଧର୍ମଶାଳା ବ୍ଲକର ସର୍ବପୂରାତନ ମହାବିଦ୍ୟାଳୟ, ଏହି ମହାବିଦ୍ୟାଳୟର ଅନେକ ଉନ୍ନତି ମୁଳକ କାର୍ଯ୍ୟ ହୋଇଥିଲେ ହେଁ ଆଉ ଅନେକ କାର୍ଯ୍ୟ ହେବାର ଅବଶ୍ୟକତା ରହିଛି। କଲେଜଗୁଡିକର ଉନ୍ନତି ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମୋ କଲେଜ ଅଭିଯାନର ଶୁଭାରମ୍ଭ କରିଛନ୍ତି। ଏହି କଲେଜର ବହୁ ଛାତ୍ରଛାତ୍ରୀମାନେ ଉଚ୍ଚ ପଦପଦବୀରେ ଅଧିଷ୍ଠିତ ହୋଇଛନ୍ତି। ସେମାନଙ୍କୁ ମୋ କଲେଜ ଅଭିଯାନରେ ସାମିଲ କରିବାକୁ ପ୍ରସ୍ତାବ ଦେଇଥିଲେ। ଏଥିସହିତ ପୁରାତନ ଛାତ୍ର ସଂସଦର ସଭାପତିମାନଙ୍କୁ ଯୋଗାଯୋଗ କରି ଏହି ଅଭିଯାନରେ ସମସ୍ତଙ୍କୁ ସାମିଲ କରିବାକୁ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ପ୍ରଥମ ବ୍ୟାଚର ଛାତ୍ର ବଟକୃଷ୍ଣ ପରିଡା, ପୁରାତନ ଛାତ୍ର ସଂସଦ ସଭାପତି କ୍ଷିତିଶ ନାୟକ, ଜିଲ୍ଲା ପରିଷଦ ସଭ୍ୟା ସ୍ମୃତିରେଖା ବେହେରା, ଛାତ୍ର ବିଜେଡି ଜିଲ୍ଲା ସଭାପତି ସୌମ୍ୟପ୍ରକାଶ ବିଶ୍ୱାଳ, ସମିତି ସଭ୍ୟା କ୍ଷୀରାବ୍ଧି ତନୟା ମଲିକ ପ୍ରମୁଖ ମୋ କଲେଜ ଅଭିଯାନର ସଫଳତା ପାଇଁ ଆଶାବ୍ୟକ୍ତ କରିଥିଲେ। ଆସନ୍ତା ଅକ୍ଟୋବର ମାସ ୨୩ ତାରିଖରେ ପରବର୍ତୀ ବୈଠକ ଅନୁଷ୍ଠିତ ହେବ ବୋଲି ସ୍ଥିର କରାଯାଇଥିଲା। ପ୍ରାରମ୍ଭରେ ମୋ କଲେଜ ଅଭିଯାନର ସଂଯୋଜକ ନିଗମାନନ୍ଦ ବିଶ୍ୱାଳ ସୂଚନା ପ୍ରଦାନ କରିଥିଲେ। ଅଧ୍ୟାପକ ବିଶ୍ୱଜିତ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ବାଲେଶ୍ୱରରେ ଶିଶୁ ପାଇଁ ଦିନଟିଏ କାର୍ଯ୍ୟକ୍ରମ



ବାଲେଶ୍ୱର (ପିଏନ୍)-ଶିଶୁ ସୁରକ୍ଷା ୟୁନିଟ ପକ୍ଷରୁ ଜିଲ୍ଲାସ୍ତରୀୟ "ଶିଶୁ ପାଇଁ ଦିନଟିଏ" କାର୍ଯ୍ୟକ୍ରମ ଏନ୍ ଆଇ ସି ପରିସରରେ ଥିବା ମହାତ୍ମା ଗାନ୍ଧୀ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ନାରାୟଣ ପ୍ରଧାନ ଯୋଗଦେଇଥିଲେ। ସମ୍ମାନିତ ଅତିଥିଭାବେ ଜିଲ୍ଲାପାଳ ଦତ୍ତାତ୍ରୟ ଭାଓ ସାହେବ ଶିନ୍ଦେ ଓ ଅତିରିକ୍ତ ଜିଲ୍ଲାପାଳ ଭାବେଶ ନାୟକ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀଯୁକ୍ତ ମାଝୀ ସଭାପତିତ୍ୱ କରିଥିବା ବେଳେ ଜିଲ୍ଲାସୁରକ୍ଷା ୟୁନିଟ ଏବଂ ଜିଲ୍ଲା ସୁରକ୍ଷା ମଙ୍ଗଳ କମିଟି ସଦସ୍ୟ, ସଦସ୍ୟାମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଚଳିତ ବର୍ଷ ମ୍ୟାଟ୍ରିକ ପରୀକ୍ଷାରେ ୮୦ ପ୍ରତିଶତରୁ ଉର୍ଦ୍ଧ୍ୱ ନମ୍ବର ରଖିଥିବା ୯ ଜଣ କୃତି ଛାତ୍ରଛାତୀଙ୍କୁ ୫ ହଜାର ଟଙ୍କା ଲେଖାଏଁ ବୃ ି ପ୍ରଦାନ କରାଯାଇଥିଲା। ସେହିପରି "ସୁକନ୍ୟା ସମୃଦ୍ଧି" ଯୋଜନାରେ ୧୪ ଜଣ ଛାତ୍ରୀଙ୍କ ଆକାଉଣ୍ଟ ଖୋଲାଯାଇ ପାଶ ବୁକ୍ ପ୍ରଦାନ କରାଯାଇଥିଲା। ୧୮ ବର୍ଷ ପର୍ଯ୍ୟନ୍ତ ସେମାନଙ୍କ ଆକାଉଣ୍ଟକୁ ୨ ହଜାର ଟଙ୍କା ଜମା କରାଯିବ ବୋଲି ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ମାଝୀ ବକ୍ତବ୍ୟରେ କହିଥିଲେ।

## ଅବକାରୀ ବିଭାଗ ପକ୍ଷରୁ ଚଢାଉ, ଦେଶୀ ମଦ ଜବତ

ଖୋର୍ଦ୍ଧା (ପିଏନ୍)-ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ପକ୍ଷରୁ ବେଗୁନିଆ ଥାନା ଅନ୍ତର୍ଗତ ରାସୋଳ ଗ୍ରାମରେ ଦେଶୀ ରନ୍ଧା ମଦ ଭାଟି ଉପରେ ଚଢାଉ କରାଯାଇଥିଲା। ଏହି ଚଢାଉ ବେଳେ ୧ହଜାର ୨୦ ଲିଟର ଦେଶୀ ମଦ ଜବତ କରାଯିବା ସହ ଆବଶ୍ୟକୀୟ ସରଂଜାମ ସହ ଗୋଟିଏ ମାରୁତି କାର ଜବତ କରାଯାଇଥିଲା। ଏଥିରେ ମଦ ପ୍ରସ୍ତୁତ କରୁଥିବା ରାସୋଳ ଗ୍ରାମର ରଜନୀକାନ୍ତ ପାଇକରାୟ କୌଣସି ସୂତ୍ରରୁ ଖବର ପାଇ ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲେ ବୋଲି ଜିଲ୍ଲା ଅବକାରୀ ବିଭାଗର ନିରୀକ୍ଷକ ଭୈରବ ସାହୁଙ୍କ ଠାରୁ ପ୍ରକାଶ। ଏ ନେଇ ଜିଲ୍ଲା ଭ୍ରାମ୍ୟମାଣ ଅବକାରୀ ନିରୀକ୍ଷକ ରାଜଶେଖର ସ୍ୱାଇଁ, ଭ୍ରାମ୍ୟମାଣ ଉପ-ନିରୀକ୍ଷକ ବି ମନୋଜ କୁମାର, ବେଗୁନିଆ ଓଆଇସି ରାଜେନ୍ଦ୍ର ଜେସ ଓ ଖୋର୍ଦ୍ଧା, ବେଗୁନିଆର ଭ୍ରାମ୍ୟମାଣ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ।

## ଭ୍ରାନ୍ତିହୀନ କ୍ରାନ୍ତିକାରୀ ପ୍ରାଣନାଥ



ମାନବ ସମାଜର ଅଗ୍ରଗତି ପଥରେ ଯେଉଁସବୁ ପ୍ରତିବନ୍ଧକ ରହିଛି ତାକୁ ହଟାଇ ସ୍ଥିତାବସ୍ଥା ବଦଳରେ ନୂତନ ପ୍ରଗତିଶୀଳ ବ୍ୟବସ୍ଥାକୁ ଯିବାର ନାମ କ୍ରାନ୍ତି। ସ୍ୱର୍ଗୀୟ ପ୍ରାଣନାଥ ପଟ୍ଟନାୟକ ଥିଲେ ଏହି କ୍ରାନ୍ତି ପଥର ଯାତ୍ରୀ। ତେଣୁ ସେ ଥିଲେ କ୍ରାନ୍ତିକାରୀ। ଅତି ସରଳ ଭାବରେ ବୁଝିବାକୁ ଗଲେ ସେ ଥିଲେ ଜଣେ ଉତ୍ସର୍ଗୀକୃତ ସଂଗ୍ରାମୀ, ସମାଜ ସଂସ୍କାରକ, ବାମପନ୍ଥୀ ଚିନ୍ତାଧାରାର ପ୍ରବକ୍ତା, ପ୍ରଗତିବାଦର ଜନନେତା, ଶିକ୍ଷାର ପ୍ରସାରରେ ଅଗ୍ରଣୀ, ଆସନ୍ତାକାଲିର ସାହିତ୍ୟ ଲେଖକ। ଗୋଟିଏ ସମ୍ଭ୍ରାନ୍ତ ବଂଶରେ ଜନ୍ମଲାଭ କରି ଉଚ୍ଚଶିକ୍ଷା ଲାଭ କରିଥିବା ଯୁବକ ପ୍ରାଣନାଥ ପଟ୍ଟନାୟକ ଉଚ୍ଚ ଚାକିରିର ମୋହ ତ୍ୟାଗ କରି ଐତିହାସିକ ଆବଶ୍ୟକତାର ଆହ୍ୱାନକୁ ସ୍ୱାଗତ ଜଣାଇ ଏବଂ ଗାନ୍ଧି, ଗୋପବନ୍ଧୁଙ୍କୁ ନିଜ ଜୀବନର ଆଦର୍ଶ ରୂପେ ଗ୍ରହଣ କରିନେଇ ଜାତୀୟ ମୁକ୍ତି ଆନ୍ଦୋଳନକୁ ଲମ୍ଫ ଦେଇଥିଲେ। ଜୀବନର ଶେଷ ସମୟ ପର୍ଯ୍ୟନ୍ତ ସେ ଥିଲେ କ୍ରାନ୍ତିକାରୀ ଓ କ୍ରାନ୍ତିପଥର ପଥିକ। ୧୯୩୬ରେ ଓଡ଼ିଶାରେ କୃଷକ ସଙ୍ଗଠନ ଗଠିତ ହେଲା। ପ୍ରାଣନାଥ ପଟ୍ଟନାୟକ ସେହି ସଙ୍ଗଠନର ମୁଖ୍ୟ କର୍ତ୍ତା ଭାବେ ରହିଥିଲେ। ଦୀର୍ଘବର୍ଷ ଧରି ରାଜ୍ୟ କୃଷକ ସଭାର ସେ ସଭାପତି ରହି କୃଷକ ଆନ୍ଦୋଳନକୁ ନେତୃତ୍ୱ ଦେଉଥିଲେ। ମାର୍କ୍ସବାଦର ବୈଜ୍ଞାନିକ ସାମ୍ୟବାଦ ତତ୍ତ୍ୱରେ ଉଦ୍‌ବୁଦ୍ଧ ହୋଇ କଲିକତାରେ କମ୍ୟୁନିଷ୍ଟ ପାର୍ଟି ଗଠିତ ହେଲା। ଭଗବତୀ ଚରଣ ପାଣିଗ୍ରାହୀ ଏହାର ସମ୍ପାଦକ ରହିଥିଲେ। ତେଣୁ ଓଡ଼ିଶାରେ କମ୍ୟୁନିଷ୍ଟ ପାର୍ଟିର ସେ ଥିଲେ ଅନ୍ୟତମ ସ୍ରଷ୍ଟା।

ସ୍ୱାଧୀନତା ପରେ ମଧ୍ୟ ସେ ଦୀର୍ଘଦିନ ଆତ୍ମଗୋପନ କରି ଶେଷରେ ୧୯୪୮ରୁ ୫୨ ପର୍ଯ୍ୟନ୍ତ ଅଟକବନ୍ଦୀ ହୋଇ ରହିବା ସହିତ ୧୯୬୪ରେ ଦରଦାମ ବୃଦ୍ଧି, ବ୍ୟାଙ୍କ ଜାତୀୟକରଣ, ରଜାଙ୍କ ଭତ୍ତା କାଟ ଦାବି ନେଇ ଆନ୍ଦୋଳନ କରି ଦୀର୍ଘ ଛଅ ମାସରୁ ଉର୍ଦ୍ଧ୍ୱକାଳ ବନ୍ଦୀ ଜୀବନ କଟାଇଥିଲେ। ସେ ଜଣେ ନିର୍ଭୀକ ସଂଗ୍ରାମୀ ଭାବେ ଏସବୁ ଦଣ୍ଡକୁ ସହ୍ୟକରି ନେଉଥିଲେ। ଖୋର୍ଦ୍ଧାବାସୀଙ୍କ ଶ୍ରଦ୍ଧା ପାଇ ସେ ଓଡ଼ିଶା ବିଧାନସଭାକୁ ୧୯୩୬/୩୭ରେ ଓ ସ୍ୱାଧୀନତା ପରେ ୧୯୫୭ରେ ବିଧାୟକ ଭାବେ ନିର୍ବାଚିତ ହୋଇ ଆସିଥିଲେ। ଜଣେ ବିଧାୟକ ଭାବେ ତାଙ୍କର ଯଥେଷ୍ଟ ସମ୍ମାନ ଓ ଖ୍ୟାତି ଥିଲା। ପ୍ରାଣନାଥ ପଟ୍ଟନାୟକ କେବଳ ଏକ ନାମ ନୁହେଁ। ଏହା ଏକ କ୍ରାନ୍ତିକାରୀ ସଙ୍ଗଠନ, ଏକ କ୍ରାନ୍ତିକାରୀ ତତ୍ତ୍ୱ, ଏକ କ୍ରାନ୍ତିକାରୀ ଇତିହାସ। ଆଗକୁ ଆଲୋକ ଦେଖାଉଥିବା ଏକ ଉଜ୍ଜ୍ୱଳ ନକ୍ଷତ୍ର।

**ଉମାଶଙ୍କର ପ୍ରସାଦ,**
**ସ୍ତମ୍ଭକାର ତଥା ସାମ୍ବାଦିକ,**
**ଖୋର୍ଦ୍ଧା, ମୋ: ୮୮୯୫୫୪୭୪୯୦**

## କର୍କଟ ପୀଡ଼ିତଙ୍କୁ ସହାୟତା ଯୋଗାଇଲା କଳ୍ପନା ଛକଟୋକା ସଂଘ

ଭୁବନେଶ୍ୱର (ପିଏନ୍): ସମାଜରେ ସାମାଜିକ ବିପ୍ଳବ ସୃଷ୍ଟି କରିବାରେ କଳ୍ପନା ଛକଟୋକା ସଂଘ ଏକ ସ୍ଥାନ ସୃଷ୍ଟି କରିପାରିଛି। ରାଜଧାନୀର ରାସ୍ତାକଡ଼ରେ ସମାଜ ମଙ୍ଗଳ ହୁଣ୍ଡି ପ୍ରତିଷ୍ଠା କରି ଅସହାୟ କର୍କଟ ରୋଗରେ ପୀଡ଼ିତ ଓ ପୀଡ଼ିତାଙ୍କ ମୁହଁରେ ଟିକେ ହସ ଫୁଟାଇବାରେ ସକ୍ଷମ ହୋଇପାରିଛି। ପାଞ୍ଚବର୍ଷ ପୂର୍ବରୁ ଯୁବକମାନଙ୍କଠାରୁ ହୁଣ୍ଡି ମାଧ୍ୟମରେ ଆଦାୟ ଅର୍ଥରାଶିକୁ ବର୍ତ୍ତମାନ ପର୍ଯ୍ୟନ୍ତ ୨୨ ଜଣ ମାରାତ୍ମକ କର୍କଟ ରୋଗୀଙ୍କୁ ନିଃସ୍ୱାର୍ଥପର ଭାବେ ତାର ସେବା ଜାରି ରଖିଛି। ରାଜଧାନୀର ବିଭିନ୍ନ ଖଟି ନିଶାମୁକ୍ତ, ହିଂସାମୁକ୍ତ ହେବା ସହ ସମାଜସେବାକୁ ଗୁରୁତ୍ୱ ଦେଇ ଭାଇଚାରା ବଜାୟ ରଖିବା ସଂଘର ଲକ୍ଷ୍ୟ ଓ ଉଦ୍ଦେଶ୍ୟ।

ଏହାକୁ ଆଖି ଆଗରେ ରଖି କଳ୍ପନା ଛକଟୋକା ସଂଘର ୨୩ତମ ସମାଜ ମଙ୍ଗଳ ହୁଣ୍ଡିଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମାଜମଙ୍ଗଳ ହୁଣ୍ଡିର ପ୍ରତିଷ୍ଠାତା ନାରାୟଣ ଚନ୍ଦ୍ର ଓଝାଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ମଧ୍ୟ ବିଧାୟକ ଶ୍ରୀଯୁକ୍ତ ଅନନ୍ତ ନାରାୟଣ ଜେନା ଯୋଗଦେଇ ସମାଜମଙ୍ଗଳ ହୁଣ୍ଡିର ମହାନ କାର୍ଯ୍ୟକୁ ଭୂୟସୀ ପ୍ରଶଂସା କରିଥିଲେ। ହୁଣ୍ଡିରୁ ଆଦାୟ ମୋଟ ତିରିଶି ହଜାର ପାଞ୍ଚଶହ ଏକ ଟଙ୍କା ଅର୍ଥରାଶି ବ୍ରହ୍ମେଶ୍ୱରପୁର, ଡେଲାଙ୍ଗ, ପିପିଲି ଅଞ୍ଚଳର କର୍କଟ ପୀଡ଼ିତ ସତ୍ୟପ୍ରିୟ ନାୟକଙ୍କୁ ଅତିଥିମାନଙ୍କ ଉପସ୍ଥିତିରେ ପ୍ରଦାନ କରାଯାଇଥିଲା।

ସମ୍ମାନିତ ଅତିଥି ଭାବେ ଏସିପି ବିଷ୍ଣୁ ପ୍ରସାଦ ପାତ୍ର, କର୍ପୋରେଟର ଆଶିଷ ପଟ୍ଟନାୟକ, ସମାଜସେବୀ ଆଦିତ୍ୟ ଗଜେନ୍ଦ୍ର, ଯୁବନେତା ସଂଗ୍ରାମ ମାର୍ଥା, ପ୍ରଯୋଜକ ଶ୍ରୀଧର ମାର୍ଥା, ସମାଜସେବୀ ତଥା କବୟିତ୍ରୀ ବନ୍ଦନା ହରିଚନ୍ଦନ, ସ୍ତମ୍ଭକାର ସୃଷ୍ଟିକୀର୍ତ୍ତି ତ୍ରିପାଠୀ, ସମାଜସେବୀ ମନସ୍ମିତା ଜେନା, ସମାଜସେବୀ ସସ୍ମିତା ଦାସ, ସମାଜସେବୀ ଲିପିକା ରାୟ, ନାଟ୍ୟ ପ୍ରାଧାପକ ଡା. ଅସିତ ଦାସ, ନିର୍ଦ୍ଦେଶକ ଶିବଶଙ୍କର ତ୍ରିପାଠୀ, ଅଭିନେତା ବୁଲୁ ପଣ୍ଡା, ଯାତ୍ରା ନାୟକ ହୃଷିକେଶ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ସଂଘର ସଭାପତି ଧୀରେନ ରାଉତରାୟ ଧନ୍ୟବାଦ ଅର୍ପଣ କରିଥିଲେ। ଉପସଭାପତି ପବିତ୍ର ଗଜେନ୍ଦ୍ର, ରୋହିତ କୁମାର, ସଞ୍ଜୟ ପରିଡ଼ା, ପ୍ରମୋଦ କୁମାର ପତି, ଗୁରୁପଦ ନାଥ, ବାସୁଭ ଦାସ, ତନ୍ମୟ ସାମନ୍ତରାୟ, ବାବୁଲା ପରିଡ଼ା, ସ୍ନିଗ୍ଧା ମହାନ୍ତି, ରୂପଶ୍ରୀ ସାହୁ, ବର୍ଷା ଦାସ, ଇମନ ମହାନ୍ତି, ଜ୍ୟୋତିର୍ମୟୀ ପଣ୍ଡା, ନିରଞ୍ଜନ ସାହୁ, ରାଜକୁମାର, ସନ୍ଧ୍ୟାରାଣୀ ପ୍ରମୁଖ କାର୍ଯ୍ୟକ୍ରମର ପରିଚାଳନା କରିଥିଲେ।

## କଂଗ୍ରେସ କର୍ମୀଙ୍କୁ ପିସିସି ସଭାପତିଙ୍କ ଧନ୍ୟବାଦ ଜ୍ଞାପନ

ରାଉରକେଲା (ପିଏନ୍): ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକ ତାଙ୍କର ୩ ଦିନିଆ ରାଉରକେଲା ଓ ସୁନ୍ଦରଗଡ ଗସ୍ତ ସାରି ଭୁବନେଶ୍ୱର ଅଭିମୁଖେ ଯାତ୍ରା କରିଛନ୍ତି। ତାଙ୍କର ଏହି ଗସ୍ତ କାଳରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ ହଜାର ହଜାର ସଂଖ୍ୟାରେ କଂଗ୍ରେସ କର୍ମୀ ତାଙ୍କୁ ସ୍ୱାଗତ କରି ସମ୍ବର୍ଦ୍ଧିତ କରିଥିଲେ। ସେହିପରି ସୁନ୍ଦରଗଡ ଜିଲ୍ଲା କଂଗ୍ରେସ ତରଫରୁ ମଧ୍ୟ ସୁନ୍ଦରଗଡରେ ଶ୍ରୀ ପଟ୍ଟନାୟକଙ୍କୁ ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ରାଜଗାଙ୍ଗପୁରରେ ମଧ୍ୟ ଯୁବ କଂଗ୍ରେସ କର୍ମୀଙ୍କୁ ନେଇ ଏକ ମହତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ସମସ୍ତ କାର୍ଯ୍ୟକ୍ରମରେ ଉଭୟ ଜିଲ୍ଲା କଂଗ୍ରେସର କର୍ମକର୍ତ୍ତା ଓ କର୍ମୀ ତଥା ବରିଷ୍ଠ କଂଗ୍ରେସ ନେତୃବୃନ୍ଦ, ଯୁବ କଂଗ୍ରେସ, ଛାତ୍ର କଂଗ୍ରେସ, ମହିଳା କଂଗ୍ରେସ, କଂଗ୍ରେସ ସେବାଦଳ, କଂଗ୍ରେସର ଏସ୍‌ଟି ସେଲ୍, ଏସ୍‌ସି ସେଲ୍, ଓବିସି ସେଲ୍, ସଂଖ୍ୟାଲଘୁ ସେଲ୍, ଲିଗାଲ ସେଲ୍, କିସାନ ସେଲ୍, ମତ୍ସ୍ୟଜୀବି ସେଲ୍, ଅସଙ୍ଗଠିତ ଶ୍ରମିକ ସେଲ୍, ଆଇଏନ୍‌ଟିୟୁସି ଇତ୍ୟାଦିର ସମସ୍ତ କର୍ମକର୍ତ୍ତା ଓ କର୍ମୀମାନେ ଶ୍ରୀ ପଟ୍ଟନାୟକଙ୍କୁ ଯେପରି ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇ ଅତି ସୁନ୍ଦର ଭାବରେ ବିଭିନ୍ନ କାର୍ଯ୍ୟକ୍ରମ ଆୟୋନଜ କଲେ ସେଥିପାଇଁ ଶ୍ରୀ ପଟ୍ଟନାୟକ ସମସ୍ତଙ୍କୁ ଆନ୍ତରିକ ଧନ୍ୟବାଦ ଜ୍ଞାପନ କରିଛନ୍ତି। ଏହିସବୁ କାର୍ଯ୍ୟକ୍ରମକୁ ଯେପରି ସ୍ଥାନୀୟ ଗଣମାଧ୍ୟମ ପ୍ରତିନିଧି, ପୁଲିସ୍ ପ୍ରଶାସନ ତଥା ସହରବାସୀଙ୍କ ତରଫରୁ ବିଶେଷ ସହଯୋଗ ମିଳିଲା ସେଥିପାଇଁ ସେମାନଙ୍କୁ ଶ୍ରୀ ପଟ୍ଟନାୟକ ବିଶେଷ ଧନ୍ୟବାଦ ଜ୍ଞାପନ କରିଛନ୍ତି ବୋଲି ଏକ ପ୍ରେସ୍ ବିବୃତିରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି।

## ଶିକ୍ଷାବିତ୍ ଭଗବାନ ପଟ୍ଟନାୟକଙ୍କ ସ୍ମୃତିସଭା

ଖୋର୍ଦ୍ଧା (ପିଏନ୍): ଖୋର୍ଦ୍ଧା ଶିକ୍ଷାଜିଲ୍ଲା ଜିଲ୍ଲା ସମ୍ମାନପ୍ରାପ୍ତ ଶିକ୍ଷକ ଭଗବାନ ପଟ୍ଟନାୟକଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ସ୍ମୃତିସଭା ଜନ୍ମସ୍ଥାନ ବାଂକୋଇ ଠାରେ ଐତିହାସିକ ସତ୍ୟବାଦୀ ବଳିଆରସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସ୍ୱର୍ଗତ ପଟ୍ଟନାୟକ ବିଭିନ୍ନ ବିଷୟରେ ଗଭୀର ଜ୍ଞାନର ଅଧିକାରୀ ହୋଇ ଆଦର୍ଶ ଶିକ୍ଷକ ଭାବେ ସୁନାମ ଅର୍ଜନ କରିଥିଲେ ବୋଲି ସ୍ମୃତିସଭାରେ ମତପ୍ରକାଶ ପାଇଥିଲା। ଏହି କାର୍ଯ୍ୟକ୍ରମରେ ଐତିହାସିକ ରବୀନ୍ଦ୍ରନାଥ ପରିଡ଼ା ମୁଖ୍ୟଅତିଥି, ଶିକ୍ଷାବିତ୍ ହରିବନ୍ଧୁ ସାହୁ ମୁଖ୍ୟବକ୍ତା, ରାଜ୍ୟ ପ୍ରାଥମିକ ଶିକ୍ଷକ ସଂଘର ଉପସଭାନେତ୍ରୀ ସଂଗୀତା ଦାଶ ସ୍ୱତଂତ୍ର ଅତିଥି ଏବଂ ସମ୍ମାନିତ ଅତିଥି ଭାବେ କୃଷି ବିଭାଗର ଅବସରପ୍ରାପ୍ତ ନିର୍ଦ୍ଦେଶକ ଡ. କେଶବ ଚନ୍ଦ୍ର ଭୋଳ, ବାଲ୍ମୀକ ବଳିଆରସିଂହ, ଗୋବିନ୍ଦ ଚନ୍ଦ୍ର ସାହୁ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ଶିକ୍ଷକଙ୍କ ବହୁମୁଖୀ ଗୁଣାବଳିର ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ସ୍ୱର୍ଗତ ପଟ୍ଟନାୟକଙ୍କ ଜୀବନୀ ଆଧାରିତ ସ୍ମରଣିକା 'ଜ୍ଞାନଦୀପ୍ତ' ଉନ୍ମୋଚିତ ହୋଇଥିଲା। ଭଗବାନ ପଟ୍ଟନାୟକ ସ୍ମୃତି ସଂସଦ ପକ୍ଷରୁ ଶିକ୍ଷାବିତ୍ ସଂଗୀତା ଦାଶ, ଖୋର୍ଦ୍ଧାର କବୟିତ୍ରୀ ସୁବାସିନୀ ପଟ୍ଟନାୟକ, ଟାଂଗୀର ଶିକ୍ଷକନେତା ପ୍ରସନ୍ନ ଶ୍ରୀଚନ୍ଦନଙ୍କୁ ସମ୍ବର୍ଧିତ କରାଯାଇଥିଲା। ଡ. କୃଷ୍ଣଚନ୍ଦ୍ର ପଟ୍ଟନାୟକ ଅତିଥଇ ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିବାବେଳେ କନ୍ୟା ମଂଜୁଶ୍ରୀ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୁକାନ୍ତ ଦାସ, ପ୍ରାଣକୃଷ୍ଣ ପାତ୍ର, ବାସୁଦେବ ସିଂହ, ଫଂଚୁ ଭାରିମଲ୍ଲ, ଚିନ୍ତାମଣି ବିଶ୍ୱାଳ, ଡ. ବିବେକାନନ୍ଦ ସ୍ୱାଇଁ, ଗୀତାରାଣୀ ମହାପାତ୍ର ପ୍ରମୁଖ ତାଂକର ବହୁମୁଖୀ ଗୁଣାବଳି ଉପରେ ଆଲୋକପାତ କରିଥିଲେ। ପୁତ୍ର ଶିଶିର କୁମାର ପଟ୍ଟନାୟକ, ଶରତ କୁମାର ପଟ୍ଟନାୟକ, ଗୀତାଂଜଳି ହରିଚନ୍ଦନ, ନିଗମ ପ୍ରସାଦ ହରିଚନ୍ଦନ, ସତ୍ୟାନନ୍ଦ ଜଗଦ୍ଦେବ, ଆଶୁତୋଷ ପଟ୍ଟନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମହିଳା ଓ ଶିଶୁ ଡେସ୍କ ଅଧିକାରୀଙ୍କ କର୍ମଶାଳା

ବାଲେଶ୍ୱର (ପିଏନ୍)- ରାଜ୍ୟ ପୁଲିସ ବିଭାଗ ଅଧୀନରେ ଥିବା ଥାନାଗୁଡ଼ିକରେ ଖୋଲିଥିବା ମହିଳା ଓ ଶିଶୁ ଡେସ୍କରେ କର୍ମରତ ପୁଲିସ କର୍ମଚାରୀମାନଙ୍କର ଦୁଇଦିନିଆ କର୍ମଶାଳା ନୋସୀ ବିଜନେସ ପାର୍କ ସମ୍ମିଳନୀରେ ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ଅତିଥି ଭବେ ବିଭାଗୀୟ ଏ.ଡ଼ି.ଜି ରେଖା ଲୋହାନି, ସମ୍ମାନିତ ଅତିଥି ଭାବେ ପୂର୍ବାଞ୍ଚଳ ରେଞ୍ଜ ଆଇ.ଜି ହିମାଂଶୁ ଲାଲ ଓ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସୁଧାଂଶୁ ଶେଖର ମିଶ୍ର ପ୍ରମୁଖ ଶିଶୁ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାର ଓ ଏତଲା ଥାନାରେ ଦେବାପରେ ଡେସ୍କ ପକ୍ଷରୁ କିଭଳି ପଦକ୍ଷେପ ନିଆଯିବ ସେ ସମ୍ପର୍କରେ ବୁଝାଇଥିଲେ। ଚାଇଲ୍ଡ଼ ଲାଇନ ଓ ୟୁନିସେଫର ବୈଷୟିକ ସହଯୋଗରେ ଆୟୋଜିତ କର୍ମଶାଳାରେ ଚାଇଲ୍ଡ଼ ଲାଇନ ପକ୍ଷରୁ ନିଯୁକ୍ତ ରିଶୋର୍ସ ପର୍ସନ ତଥା ଟ୍ରେନର କେ. ରମେଶ, ରାଜୁ କୋଟାଇ ଏବଂ ଆରକା ଲାହା ପ୍ରମୁଖ ଭଦ୍ରକ ଯାଜପୁର ଓ ବାଲେଶ୍ୱର ଜିଲ୍ଲାର ବିଭିନ୍ନ ଥାନାରୁ ଆସିଥିବା ପୁଲିସ ଅଧିକାରୀମାନେ ଉପସ୍ଥିତ ରହି ଟ୍ରେନରମାନଙ୍କ ବିଭିନ୍ନ ପ୍ରଶ୍ନଗୁଡ଼ିକର ଉତ୍ତର ଦେଇଥିଲେ। ଟ୍ରେନରମାନେ ମୁଖ୍ୟତଃ ୩୫ଟି ପ୍ରସଙ୍ଗ ଉପରେ ବୁଝାଇଥିଲେ।


**DISPLAY CLASSIFIED**

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

# ମୋ ସହର

## ୱାର୍ଲଡ୍ ଓଡ଼ିଶା ସୋସାଇଟି ପକ୍ଷରୁ ରୂପା ଦାଶଙ୍କୁ ଉଷ୍ମସିତ ସମ୍ବର୍ଦ୍ଧନା



ନୂଆଦିଲ୍ଲୀ,(ପି.ଏନ): ଆମେରିକାରେ ଅବସ୍ଥାପିତ ଭାରତୀୟ ଲେଖକ ରୂପା ଦାଶଙ୍କୁ ନିକଟରେ ଜାତୀୟ ରାଜଧାନୀ କ୍ଷେତ୍ରରେ ଉଷ୍ମସିତ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି । ଏହି ଉପଲକ୍ଷେ ଗାଜିଆବାଦଠାରେ ୱାର୍ଲଡ୍ ଓଡ଼ିଶା ସୋସାଇଟି(ୱାଓସୋ) ପକ୍ଷରୁ ଆୟୋଜିତ ବନ୍ଧୁ ମିଳନ କାର୍ଯ୍ୟକ୍ରମରେ ସୋସାଇଟିର ସଦସ୍ୟ, କାର୍ଯ୍ୟକର୍ତ୍ତା ଓ ଶୁଭେଚ୍ଛୁମାନେ ଯୋଗ ଦେଇଥିଲେ। ଶ୍ରୀମତୀ ଦାଶ ଓ ତାଙ୍କର ଦଶ ବର୍ଷୀୟ ଆମେରିକାରେ ପଞ୍ଚମ କକ୍ଷରେ ଅଧ୍ୟୟନରତ ନକ୍ସାକାର କନ୍ୟା ଆୟାତି ଦାଶ କରଙ୍କୁ ୱାଓସୋର ମହିଳା ଶାଖାର ସଦସ୍ୟମାନେ ଭବ୍ୟ ସ୍ୱାଗତ ଜଣାଇବା ସହିତ ପାରମ୍ପରିକ ଢଙ୍ଗରେ ପାଛୋଟି ନେଇଥିବା ଦେଖା ଦେଇଥିଲା। ଏହି ଅବସରରେ ୱାଓସୋର ଅଧ୍ୟକ୍ଷ କିଶୋର ଦ୍ୱିବେଦୀ ଏବଂ ବରିଷ୍ଠ କର୍ମକର୍ତ୍ତାମାନେ ଶ୍ରୀମତୀ ଦାଶଙ୍କର ଇଂରାଜୀ ଭାଷାରେ ଲିଖିତ ପୁସ୍ତକ ନ୍ତ ଲିଡହରନ୍ତ କୁ ଲୋକାର୍ପଣ କରିଥିଲେ। ବହୁ ଚର୍ଚ୍ଚିତ ଓ ବ୍ୟାପକ ଭାବେ ଆଦୃତ ଏହି ବହିଟିରେ ଶ୍ରୀମତୀ ଦାଶ, ବିଶ୍ୱର ବିଭିନ୍ନ ପ୍ରାନ୍ତରେ ତୃଣମୂଳ ସ୍ତରରୁ ନିଜ ନିଜର ଅନନ୍ୟ ପ୍ରତିଭା, ଅପାର ପାରଦର୍ଶିତା ଓ ଅସାମାନ୍ୟ ନିଷ୍ଠା ପ୍ରଦର୍ଶନ ପୂର୍ବକ ସଫଳତାର ଶିଖର ଛୁଇଁଥିବା ୬୦ ଜଣ ମହିୟସୀ ମହିଳାଙ୍କର ପେଶାଦାରୀ ସତ୍ୟ କାହାଣୀକୁ ସନ୍ନିବେଶିତ କରିଛନ୍ତି। ନକ୍ସା ସମ୍ପର୍କୀୟ କୌଣସି ଆନୁଷ୍ଠାନିକ ଶିକ୍ଷାପ୍ରାପ୍ତ ନ କରିଥିଲେ ମଧ୍ୟ, ସମଗ୍ର ପୁସ୍ତକଟିର ସୁନ୍ଦର ଓ ସୃଜନଶୀଳ ଅଳଙ୍କରଣ ଆୟାତି କରିଛନ୍ତି। ଉଭୟ ରୂପା ଦାଶ ଓ ଆୟାତି ଦାଶ କରଙ୍କୁ ୱାଓସୋର ଅଧ୍ୟକ୍ଷ କିଶୋର ଦ୍ୱିବେଦୀ ଓ ଅନ୍ୟାନ୍ୟ ମାନ୍ୟଗଣ୍ୟ ବ୍ୟକ୍ତିମାନେ ପୁଷ୍ପଗୁଚ୍ଛ, ଉତ୍ତରୀୟ ଓ ଫଳକ ପ୍ରଦାନ କରି ସମ୍ମାନୀତ କରିଥିଲେ। ସଭାରେ ସ୍ୱାଗତ ଭାଷଣ ପ୍ରଦାନ କରି ଶ୍ରୀ ଦ୍ୱିବେଦୀ, ଶ୍ରୀମତୀ ଦାଶଙ୍କୁ ତାଙ୍କର ସାହିତ୍ୟିକ କୃତୀ ଏବଂ ବିଶ୍ୱଭରି ମହିଳା ସଶକ୍ତିକରଣ ସକାଶେ ନିରବିଚ୍ଛିନ୍ନ ପ୍ରୟାସ ପାଇଁ ସାଧୁବାଦ ଜଣାଇଥିଲେ। ଶ୍ରୀ ଦ୍ୱିବେଦୀ ଉଭୟ ଶ୍ରୀମତୀ ଦାଶ ଓ ଆୟାତିଙ୍କର ଉତ୍ତରୋତ୍ତର ଉନ୍ନତି କାମନା କରିଥିଲେ।ସମ୍ବର୍ଦ୍ଧନାର ଉତ୍ତର ଦେଇ ରୂପା ଦାଶ, ତାଙ୍କୁ ନୈତିକ ପ୍ରୋତ୍ସାହନ ଯୋଗାଇଥିବାରୁ ୱାର୍ଲଡ୍ ଓଡ଼ିଶା ସୋସାଇଟି ନିକଟରେ କୃତଜ୍ଞତା ପ୍ରକାଶ କରିଥିଲେ। ଭବିଷ୍ୟତରେ ନାରୀ ଜାଗରଣ ନେଇ ତାଙ୍କର ଉଦ୍ୟମ ପ୍ରତି ସେ ସମସ୍ତଙ୍କର ସାହାଯ୍ୟ ସହଯୋଗ କାମନା କରିଥିଲେ। ଶ୍ରୀମତୀ ଦାଶ ତାଙ୍କର ବ୍ୟବସାୟିକ ପ୍ରଶସ୍ତି ଓ ସାହିତ୍ୟିକ ସ୍ୱୀକୃତି ପାଇଁ ଆଧ୍ୟାତ୍ମିକ ସଂଯୋଗୀକରଣକୁ ଶ୍ରେୟ ପ୍ରଦାନ କରିଥିଲେ। ଶ୍ରୀମତୀ ଦାଶଙ୍କୁ ହାର୍ଦ୍ଦିକ ବଧାଇ ଜଣାଇଥିବା ଅନ୍ୟମାନଙ୍କ ମଧ୍ୟରେ ଡଃ ମନୋରଞ୍ଜନ ମହାନ୍ତି, ଅବନୀ ସାହୁ, ସୁଧୀର ଦାଶ, ନିର୍ମଳ ପଟ୍ଟନାୟକ, ଆଚାର୍ଯ୍ୟ ଅଭିମନ୍ୟୁ, ପୁଷ୍ପାଞ୍ଜଳି ବାରିକ, ରୀତା ପାତ୍ର, ବିମଳ ଭଲ, ବିଭୁ ପ୍ରସାଦ ସାହୁ, ଜ୍ଞାନ ଜେନା, ଅଞ୍ଜନା ପଟ୍ଟନାୟକ, ସୁମନ୍ତ ବିଶ୍ୱାଳ, ଜୀତେନ୍ଦ୍ର ବେହେରା ଓ ନନ୍ଦନ ଦ୍ୱିବେଦୀ ପ୍ରମୁଖ ଅନ୍ତର୍ଭୁକ୍ତ ଥିଲେ। ବନ୍ଧୁ ମିଳନର ବିଶେଷ ଆକର୍ଷଣ ସୁପ୍ରସିଦ୍ଧ ସଙ୍ଗୀତକାର ଆଚାର୍ଯ୍ୟ ଅଭିମନ୍ୟୁ, ଲବ୍ଧପ୍ରତିଷ୍ଠ ଚାଟାର୍ଡ ଆକାଉଣ୍ଟାଣ୍ଟ ସୁଧୀର ଦାଶ ଏବଂ ୱାଓସୋର ବ୍ୟଞ୍ଜନ ବିଭାଗର ଯୁଗ୍ମ ସାଧାରଣ ସମ୍ପାଦକ ପୁଷ୍ପାଞ୍ଜଳି ବାରିକଙ୍କ ଦ୍ୱାରା ପରିବେଷଣ କରାଯାଇଥିବା ସୁମଧୁର ଓଡ଼ିଆ ଓ ହିନ୍ଦୀ ସଂଗୀତମାନ ଥିଲା।

## କେନାଲ୍ ତଳ ମୁଣ୍ଡକୁ ପାଣି ଯାଉନି : ଧାନଚାଷ ବାଧାପ୍ରାପ୍ତ, ଚାଷୀଙ୍କ ଆନ୍ଦୋଳନ ଧମକ



ଧର୍ମଶାଳା, (ପିଏନ୍): ଧର୍ମଶାଳା ବ୍ଲକ୍ ଅନ୍ତର୍ଗତ ୧୪ନମ୍ବର କେନାଲ୍ ଓ ଏହାର ଶାଖା କେନାଲ୍‌ର ତଳ ମୁଣ୍ଡକୁ ପାଣି ଯାଉନାହିଁ । ଏହି କେନାଲ୍ ପାର୍ଶ୍ୱବର୍ତ୍ତୀ ଅଂଚଳରେ ହଜାର ହଜାର ଏକର ଜମିରେ ହୋଇଥିବା ଧାନଚାଷ ବାଧାପ୍ରାପ୍ତ ହୋଇଛି । କେତେକ ସ୍ଥାନରେ ରୁଆ ଯାଇଥିବା ଧାନ ଗଛ ପାଣି ଅଭାବରୁ ମରିବା ଆରମ୍ଭ କଲାଣି । ଏ ସଂପର୍କରେ ଜଳସେଚନ ବିଭାଗର ଅଧିକାରୀମାନଙ୍କୁ ବାରମ୍ବାର ଅବଗତ କରାଯାଉଥିଲେ ମଧ୍ୟ କୌଣସି ସୁଫଳ ମିଳୁନାହିଁ । ତୁରନ୍ତ ଉକ୍ତ ସମସ୍ୟାର ସମାଧାନ କରାନଗଲେ ଚାଷୀମାନେ ଏକ ବଡ଼ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ଧମକ ଦେଇଛନ୍ତି। ଅଭିଯୋଗରୁ ପ୍ରକାଶ ଯେ, ବର୍ଷାରେ ଅନିୟମିତା ଓ କେନାଲ୍‌ରେ ଠିକ୍‌ଭାବେ ପାଣି ଆସୁନଥିବାରୁ ବଡ଼କାଏମା, ମିର୍ଜାପୁର, ପାଟପୁର, କୋଟପୁର ଆଦି ପ ାୟତର ଅଧିକାଂଶ ଜମିରେ ଧାନ ବେଉଷଣ, ତଳି ଓପାଡ଼ିବା, ରୋଇବା ଓ ଜମି ପ୍ରସ୍ତୁତ କରିବାରେ ଅସୁବିଧା ହେଉଛି । ପାଣି ଅଭାବରୁ ପରିବା ଫସଲ ମଧ୍ୟ ପ୍ରଭାବିତ ହୋଇଛି । ବାଧ୍ୟ ହୋଇ କେତେକ ଚାଷୀ ମୋଟର ଲଗାଇ ଚାଷ ଜମିରେ ପାଣି ମଡ଼ାଉଛନ୍ତି । ଯାହାକି ଯଥେଷ୍ଟ ହେଉନାହିଁ । ବର୍ଷା ହେଲେ ଫସଲ ହେବ, ନୋହିଲେ ଫସଲ ମଲା । ଏଭଳି ଆଶଙ୍କାରେ ଚାଷୀ ଆତଙ୍କିତ । ଚାଷୀ ଓ ଚାଷର ଉନ୍ନତି ପାଇଁ ସରକାର ବ୍ୟାପକ ସଂସ୍କାର ଆଣିଥିବା ନେଇ ଡିଣ୍ଡିମ ପିଟୁଥିବା ବେଳେ ପୂର୍ବଠାରୁ ଅଧିକ ଇେ ଜମିକୁ ଜଳସେଚନ କରାଯାଇ ପାରିନାହିଁ । ବରଂ ଅଧିକାଂଶ ଜଳସେଚିତ ଜମି ଏବେ ଜଳସେଚନରୁ ବ ିତ । କେନାଲ ମରାମତି, ସୁଦୃଢ଼ୀକରଣ ଓ ସଫେଇ ନାଁରେ କୋଟି କୋଟି ଟଙ୍କା ହରିଲୁଟ୍ କରାଯାଉଛି । ଏହାର ପ୍ରତିବାଦରେ ଗତ ୧୬ତାରିଖରେ କାଏମା, ଗୋପନଗର, ନାଉପାଳ, ଅନନ୍ତପୁର, ଗୋଗଳ ଓ ମିର୍ଜାପୁର ଗ୍ରାମର ଶତାଧିକ ଚାଷୀ କାଏମାସ୍ଥିତ ଜଳସେଚନ ବିଭାଗ ସହକାରୀ ଯନ୍ତ୍ରୀଙ୍କ କାର୍ଯ୍ୟାଳୟରେ ତାଲା ପକାଇ ଦେବା ସହିତ ଧାରଣା ଦେଇଥିଲେ । ହେଲେ ଅଧିକାରୀଙ୍କ ଦେଖା ମିଳିଲା ନାହିଁ । ବାଧ୍ୟହୋଇ ଚାଷୀମାନେ ଧର୍ମଶାଳା ତହସିଲ କାର୍ଯ୍ୟାଳୟରେ ଅତିରିକ୍ତ ତହସିଲଦାରଙ୍କୁ ଦାବିପତ୍ର ଦେବା ସହିତ ଜାରକା ଜଳସେଚନ ଡିଭିଜନକୁ ଯାଇ ବିଭାଗୀୟ ଅଧିକାରୀଙ୍କୁ ସାକ୍ଷାତ୍ କରି କେନାଲ୍ ପାଣି ସମସ୍ୟା ସଂପର୍କରେ ଅବଗତ କରିଥିଲେ। ଏହା ସତ୍ତ୍ୱେ କେନାଲ୍ ତଳ ମୁଣ୍ଡରେ ପାଣି ପହ ିବା ବ୍ୟବସ୍ଥା ହୋଇ ପାରିଲା ନାହିଁ। ଏହାକୁ ନେଇ ଚାଷୀମାନଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ସୃଷ୍ଟି ହୋଇଛି । ତୁରନ୍ତ କେନାଲ ତଳ ମୁଣ୍ଡକୁ ପାଣି ଆସିବା ବ୍ୟବସ୍ଥା କରାନଗଲେ ବାଧ୍ୟହୋଇ ଚାଷୀମାନେ ଏକ ବଡ଼ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ଦୀପା ଳ କୃଷକ ମ ର ସାଧାରଣ ସଂପାଦକ ଅଭିମନ୍ୟୁ ଧଳ ଚେତାବନୀ ଦେଇଛନ୍ତି ।

## ପାରାଦୀପ ବନ୍ଦର କର୍ମଚାରୀ ଓ ପୋର୍ଟ କ୍ଲବର ସମ୍ପାଦକ ଗୁରୁପଦ ମିଶ୍ରଙ୍କ ବୟୋଗରେ ଶୋକ



ପାରାଦୀପ,(ପି.ଏନ) ପାରାଦୀପ ବନ୍ଦର ଭିଜିଲାନ୍ସ ବିଭାଗର କର୍ମଚାରୀ ତଥା ପୋର୍ଟ କ୍ଲବର ସମ୍ପାଦକ ଗୁରୁପଦ ମିଶ୍ର (୫୭)ଙ୍କ ବିୟୋଗରେ ବନ୍ଦର ସହରରେ ଶୋକର ଛାୟା ଖେଳିଯାଇଛି । ସେ ଗତ ଦୁଇ ମାସ ହେବ କର୍କଟ ରୋଗରେ ପୀଡିତ ହୋଇ ଚିକିତ୍ସିତ ହେଉଥିଲେ। ଶ୍ରୀ ମିଶ୍ର ଭୁବନେଶ୍ୱର ସ୍ଥିତ ଏମ୍ସ ହସ୍ପିଟାଲରେ ଚିକିତ୍ସାଧୀନ ଅବସ୍ଥାରେ ଗତ ମଙ୍ଗଳବାର ରାତିରେ ତାଙ୍କର ପରଲୋକ ହୋଇଯାଇଛି। ସେ ଜଣେ ମିଷ୍ଟଭାସି, ବନ୍ଧୁବତ୍ସଳ ଓ ପାରାଦୀପ ବନ୍ଦରର ଜଣେ ଜଣାଶୁଣା କର୍ମଚାରୀ ଥିଲେ। ତାଙ୍କ ବିୟୋଗରେ ଆୟୋଜିତ ଏକ ଶୋକସଭାରେ ବନ୍ଦର ଚିକିତ୍ସାଳୟର ବରିଷ୍ଠ ଡାକ୍ତର ଦୁର୍ଗା ପ୍ରସାଦ ସେଠୀ, ଗୋପବନ୍ଧୁ କ୍ରୀଡା ସଂସଦ ଉପଦେଷ୍ଟା ରବିନ୍ଦ୍ର କୁମାର ଦାସ, ପୋର୍ଟ କ୍ଲବର ସଭାପତି ପ୍ରଦୀପ କୁମାର ରାୟ, କାର୍ଯ୍ୟକାରୀ ସଭାପତି ଚି ରନ ସେଠୀ, ଉପସଭାପତି ତ୍ରୀଗୁଣ ବିଶ୍ୱାଳ, ଭଲିବଲ କୋଚ ସୟ କୁମାର ଦାସ, କ୍ରୀଡା ସଂସଦ ସମ୍ପାଦକ ରନ ରଶ୍ମି ବେଉରା ପ୍ରମୁଖ ଯୋଗଦେଇ ସ୍ୱର୍ଗତ ମିଶ୍ରଙ୍କ ସ୍ମୃତିଚାରଣ ଓ ଶୋକ ବ୍ୟକ୍ତ କରିବା ସହ ତାଙ୍କର ଅମର ଆତ୍ମାର ସଦଗତି କାମନା କରିଥିଲେ ।

## ଖୁଦ୍ର ଶସ୍ୟ କ୍ଷେତ୍ର ପରିଦର୍ଶନ କଲେ ପାଟଣାଗଡ଼ କୃଷି ଜିଲ୍ଲା ଅଧିକାରୀ



ଖପ୍ରାଖୋଲ ,(ପି.ଏନ): ବଲାଙ୍ଗୀର ଜିଲ୍ଲା ଖପ୍ରାଖୋଲ ଠାରେ ଚ଼ାଲିଥିବା ମିଲେଟ ମିଶନ କାର୍ଯ୍ୟକ୍ରମ ଅଞ୍ଚଳରେ ହେଉଥିବା ଖୁଦ୍ର ଶସ୍ୟ କ୍ଷେତ୍ର କୁ ପାଟଣାଗଡ଼ କୃଷି ଜିଲ୍ଲା ଅଧିକାରୀ ବାବୁଲି ଚ଼ରଣ ସେଠି,ସହ କୃଷି ଅଧିକାରୀ ସୁମନ୍ତ ଖମାରି, ବ୍ଲକ କୃଷି ଅଧିକାରୀ ସଂନ୍ତୋଷ କୁମାର ମେହେର, ଦୀନବନ୍ଧୁ ବେହେରା ୱାସନ ବ୍ଲକ ସଂଯୋଜକ ଜୋସବନ୍ତ ନାଏକ,ସମିଧା ଅଗ୍ରୱାଲ ପ୍ରମୁଖ ମାଣ୍ଡିଆ, ସରଗମ, ବଜାରା କ୍ଷେତ୍ରରେ ପରିଦର୍ଶନ କରିଥିଲେ। ଖପ୍ରାଖୋଲ, ଗୁର୍ଜିଭଟା ଗାଁରେ ହେଉଥିବା ବିଭିନ୍ନ ଖୁଦ୍ର ଶସ୍ୟ ଚ଼ାଷ ଦେଖିଥିଲେ ଅନ୍ୟମାନଙ୍କ ମଧ୍ୟରେ ଛମୟବ ଅନୁଷ୍ଠାନ ବ୍ଲକ ସଂଯୋଜକ ଉମେଶ ଗୁପ୍ତା,ଗଣେଶ ବନଛୋର କ୍ଷେତ୍ର ପରିଦର୍ଶନରେ ଥିଲେ।

## ଚ଼ନ୍ଦ୍ରପୃଷ୍ଠର ଦକ୍ଷିଣ ମେରୁରେ ପହଂଚ଼ିବାରେ ବିଶ୍ୱର ପ୍ରଥମ ଦେଶ ଭାବେ ଭାରତବର୍ଷ ଆଜି ଇତିହାସ ରଚ଼ିଛି

ଭୁବନେଶ୍ୱର,(ପି.ଏନ): ଦେଶବାସୀଙ୍କ ସମସ୍ତ ଉତ୍କଂଠାର ଅନ୍ତ ଘଟାଇ "ଚ଼ନ୍ଦ୍ରାୟନ-୩" ସଫଳତାର ସହ ଚ଼ନ୍ଦ୍ର ପୃଷ୍ଠରେ ଅବତରଣ କରିଛି । ଚ଼ନ୍ଦ୍ରାୟନ-୩ର ସଫଳ ଲ୍ୟାଣ୍ଡିଂ ପରେ ଏହି ଐତିହାସିକ ଦିନଟିକୁ ବିଜେବି ସ୍ୱୟଂଶାସିତ ମହାବିଦ୍ୟାଳୟ ପ୍ରାଙ୍ଗଣରେ କଲେଜର ଛାତ୍ରଛାତ୍ରୀ ମାନେ ତ୍ରିରଙ୍ଗା ପତକା ଧରି ଆନନ୍ଦର ସହ ପାଳନ କରାଯାଇଛି।

## ବେରିଂ ଷ୍ଟ୍ରେଟ୍ ଫେଷ୍ଟିଭାଲ୍‌ର ସଂକ୍ଷିପ୍ତ ବିବରଣୀ

ନୂଆଦିଲ୍ଲୀ,(ପି.ଏନ): ରୁଷିଆର ଆନାଦିର ସହର ଏବଂ ଚୁକୋକାର ଲୋରିନୋ ଗ୍ରାମରେ ବେରିଂ ଷ୍ଟ୍ରେଟ୍ ଫେଷ୍ଟିଭାଲ ଆୟୋଜିତ ହୋଇଯାଇଛି। ଏହି ଉତ୍ସବର ମୁଖ୍ୟ ଆକର୍ଷଣ ଥିଲା ବେରିନ୍‌ଜିଆ ଗେମ୍ସ, ଯାହା ଆର୍କଟିକ ଅଞ୍ଚଳର ମୂଳ ଅଧିବାସୀଙ୍କ ପ୍ରତିନିଧିଙ୍କୁ ଏକ ସାଂସ୍କୃତିକ ଫୋରମ୍ ଏବଂ କ୍ରୀଡା ପ୍ରତିଯୋଗିତା ଆୟୋଜନ ଜରିଆରେ ଏକତ୍ରିତ କରିଥିଲା। ଏହି ଉତ୍ସବର ଅନ୍ୟାନ୍ୟ କାର୍ଯ୍ୟକ୍ରମରେ ବିଷୟ ଭିତ୍ତିକ ଅଧିବେଶନ ବେରିନ୍‌ଜିଆ ୨୦୨୩ ରେଗାଟ୍ଟା ଏବଂ ତାହାସହିତ ଉକ୍ତ ଅଞ୍ଚଳରେ ପର୍ଯ୍ୟଟକ ଆକର୍ଷଣ ସ୍ଥଳଗୁଡିକୁ ତଥ୍ୟାନୁସନ୍ଧାନୀ ଅଭିଯାନ ଆଦି କାର୍ଯ୍ୟକ୍ରମ ସ୍ଥାନ ପାଇଥିଲା। ରୁଷିଆ ଆର୍କଟିକ ପରିଷଦର ଅଧ୍ୟକ୍ଷ ଭାବରେ ୨୦୨୧ରୁ ୨୦୨୩ ପର୍ଯ୍ୟନ୍ତ ଦାୟିତ୍ୱ ନିର୍ବାହ କରୁଥିବାବେଳେ ଏହା ଆୟୋଜନ କରୁଥିବା ବିଭିନ୍ନ କାର୍ଯ୍ୟକ୍ରମର ଏହି ଉତ୍ସବ ଅଂଶବିଶେଷ ଥିଲା। ଏହି ସମସ୍ତ କାର୍ଯ୍ୟକ୍ରମକୁ ରୋସ୍‌କଂଗ୍ରେସ ଫାଉଣ୍ଡେସନ ପରିଚାଳନା କରୁଛି। ବେରିନ୍‌ଜିଆ କ୍ରୀଡାରେ ରୁଷିଆର ଆଠଟି ଆର୍କଟିକ ଅଞ୍ଚଳର ମୂଳ ଅଧିବାସୀଙ୍କ ପ୍ରତିନିଧି ଏବଂ ବିଦେଶୀ ଅତିଥିଙ୍କ ସମେତ ୪୫ ଜଣ ଅଂଶଗ୍ରହଣ କରିଥିଲେ। ୱାନ ଫୁଟ୍ ହାଇ କିକ୍, ସ୍ଲେଡ ଜମ୍ପିଙ୍ଗ, ଆଲାସ୍କାନ୍ ହାଇ କିକ୍ ଏବଂ ଅନ୍ୟାନ୍ୟ ବିଭାଗରେ ପ୍ରତିଯୋଗୀମାନେ ଭାଗ ନେଇଥିଲେ। ଦଳଗତ ଦୃଷ୍ଟିରୁ ରିପବ୍ଲିକ ଅଫ ସାଖା (ୟାକୁତିଆ)ର ଆଥଲେଟମାନେ ପ୍ରଥମ ସ୍ଥାନ ଅଧିକାର କରିଥିବାବେଳେ କୋମି ରିପବ୍ଲିକ୍ ପ୍ରତିନିଧି ଟିମ୍ ଦ୍ୱିତୀୟ ଏବଂ ଚୁକୋକା ଅଟୋନମସ୍ ଡିଷ୍ଟ୍ରିକ୍ଟର ପ୍ରତିଯୋଗୀମାନେ ତୃତୀୟ ସ୍ଥାନ ଅଧିକାର କରିଥିଲେ। ପୁରୁଷ ବିଭାଗରେ ଚୁକୋକା ଅଟୋନମସ୍ ଡିଷ୍ଟ୍ରିକ୍ଟର ଭାଦିମ୍ ଆନାକା ପ୍ରଥମ, ରିପବ୍ଲିକ ଅଫ ସାଖା (ୟାକୁତିଆ)ର ଜିଓର୍ଜି ସୋଫ୍ରୋନୋଭ ଦ୍ୱିତୀୟ ଏବଂ ଆୟାନ୍ କୋରୋସୋଭ ତୃତୀୟ ସ୍ଥାନ ଅଧିକାର କରିଥିଲେ। ସେହିଭଳି ମହିଳା ବିଭାଗରେ ରିପବ୍ଲକ ଅଫ କୋମିର ଆନାସ୍ତାସିଆ ପାରାମୋନୋଭା ପ୍ରଥମ, ରିପବ୍ଲିକ ଅଫ ସାଖା (ୟାକୁତିଆ)ର ଆମେଲିଆ ଆଲେକ୍ସିଭେୟା ଦ୍ୱିତୀୟ ଏବଂ ୟାକୁତିଆର ଡାଏନା ପାଭଲୋଭା ତୃତୀୟ ସ୍ଥାନରେ ରହିଥିଲେ। ଉତ୍ସବର ବିଷୟ ଭିତ୍ତିକ କାର୍ଯ୍ୟକ୍ରମରେ ଆର୍କଟିକ ଅଞ୍ଚଳରେ ପର୍ଯ୍ୟଟନର ବିକାଶ ସମ୍ପର୍କରେ ଆଲୋଚନା କରାଯାଇଥିଲା। ସେଥିମଧ୍ୟରେ ନୂତନ ପର୍ଯ୍ୟଟନ ଉତ୍ପାଦ ସୃଷ୍ଟି, ପର୍ଯ୍ୟଟନ ଭିତ୍ତିଭୂମିର ଆଧୁନିକୀକରଣ, ଅଫ୍ ସିଜନ କାର୍ଯ୍ୟକଳାପକୁ ପର୍ଯ୍ୟଟନ ଶିଳ୍ପ ଆପଣେଇବା ଏବଂ କ୍ୟାମ୍ପସାଇଟ୍, ଗ୍ଲାମ୍ପିଙ୍ଗ ସାଇଟ ଏବଂ କ୍ରୁଜ୍ ରୁଟ୍ ସୃଷ୍ଟି ଆଦି ସ୍ଥାନ ପାଇଥିଲା। ଏଥିସହିତ ଉତ୍ସବର କାର୍ଯ୍ୟକ୍ରମରେ ବେରିନ୍‌ଜିଆ ୨୦୨୩ ରେଗାଟ୍ଟା ସାମିଲ ରହିଥିଲା, ଯାହାକୁ ପାଗ ପରିସ୍ଥିତି କାରଣରୁ ଚଳିତ ମାସ ୧୩ ତାରିଖକୁ ଘୁଞ୍ଚାଇ ଦିଆଯାଇଥିଲା। ଆୟୋଜିତ ଏହି ରେଗାଟ୍ଟାରେ ଲେଦର କାୟାକ୍‌ରେ ଟିମ୍ ରେସ୍ ସ୍ଥାନ ପାଇଥିଲା। ଏଥିରେ ୨୦ଟି ଦଳ ଅଂଶଗ୍ରହଣ କରିଥିଲେ। ଏହି ଉତ୍ସବରେ ପର୍ଯ୍ୟଟନ ଶିଳ୍ପର ବୃତ୍ତିଗତ ବ୍ୟକ୍ତିବିଶେଷ ଏବଂ ଗଣମାଧ୍ୟମ ପ୍ରତିନିଧିଙ୍କ ପାଇଁ ଚୁକୋକାର ଏକ ସ୍ୱତନ୍ତ୍ର ତଥ୍ୟାନୁସନ୍ଧାନୀ ଦଳ ମଧ୍ୟ ସାମିଲ ହୋଇଥିଲେ। ରୁଷିଆର ସୁଦୂର ପ୍ରାଚ୍ୟ ଏବଂ ଆର୍କଟିକ ବିକାଶ ମନ୍ତ୍ରଣାଳୟ ଏବଂ ଚୁକୋକା ଅଟୋନୋମସ୍ ଡିଷ୍ଟ୍ରିକ୍ଟ ସରକାରଙ୍କ ଦ୍ୱାରା ଏହି ଉତ୍ସବ ଆୟୋଜନ କରାଯାଇଥିଲା।



ଖେଳ

ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ

Bhubaneswar Friday August 25, 2023 | ଭୁବନେଶ୍ୱର ଶୁକ୍ରବାର, ଅଗଷ୍ଟ ୨୫,୨୦୨୩ | Daily Edition : R.N.I.No: ODIODI /1999/00717 | Postal Regd. No: BN/57/18-20 | www.paryabekhyak.com



# କଂଗ୍ରେସ ଦ୍ୱାରା ସେମିଳିଗୁଡା ସମିତି କାର୍ଯ୍ୟାଳୟ ଘେରାଉ



ସେମିଳିଗୁଡା,(ପି.ଏନ): ଓଡିଶା ପ୍ରଦେଶ କଂଗ୍ରେସ କମିଟିର ଡ଼ାକରାରେ ପଟାଙ୍ଗି ନିର୍ବାଚ଼ନ ମଣ୍ଡଳୀରେ ସେମିଳିଗୁଡା ବ୍ଲକ୍ କଂଗ୍ରେସ କମିଟି ପକ୍ଷରୁ ସେମିଳିଗୁଡା ସମିତି କାର୍ଯ୍ୟାଳୟ ଘେରାଉ କରିବା ସହ ବିଡିଓ ଙ୍କ ଜରିଆରେ ମାନ୍ୟବର ରାଜ୍ୟପାଳଙ୍କୁ ବିଭିନ୍ନ ସମସ୍ୟାର ସମାଧାନ ନିମନ୍ତେ ୯ ଦଫା ଦାବିପତ୍ର ପ୍ରଦାନ କରାଯାଇଥିଲା। ସେମିଳିଗୁଡା ବସଷ୍ଟାଣ୍ଡ ରୁ ଶତାଧିକ କଂଗ୍ରେସ ନେତା ଓ କର୍ମୀ ଏକ ବିଶାଳ ଶୋଭାଯାତ୍ରା କରି ସେମିଳିଗୁଡା ସମିତି କାର୍ଯ୍ୟାଳୟ କୁ ପହଁଛି କାର୍ଯ୍ୟାଳୟ କୁ ଘେରାଉ କରିଥିଲେ। ବ୍ଲକ କଂଗ୍ରେସ କମିଟି ପକ୍ଷରୁ ସେମିଳିଗୁଡା ଗୋଷ୍ଠି ଉନ୍ନୟନ ଅଧିକାରୀ ସବ୍ୟ ସାଚ଼ି ବେହେରା ଙ୍କ ଜରିଆରେ ମାନ୍ୟବର ରାଜ୍ୟପାଳଙ୍କୁ ବିଭିନ୍ନ ସମସ୍ୟାର ସମାଧାନ ନିମନ୍ତେ ୯ ଦଫା ଦାବିପତ୍ର ପ୍ରଦାନ କରାଯାଇଥିଲା।ବ୍ଲକ ରେ ହେଉଥିବା ବ୍ୟାପକ ପିସି କାରବାର, ଆବାସ ଯୋଜନାରେ ଦୁର୍ନୀତି,ଅହେତୁକ ଦରଦାମ ବୃଦ୍ଧି, ବେକାରୀ ସମସ୍ୟା,ନାରୀ ନିର୍ଯାତନା, ଚ଼ାଷୀ ମାରଣ ନୀତି,ଟାଟା କମ୍ପାନୀ ର ଶୋଷଣ ଇତ୍ୟାଦି ୯ ଦାବି ଉକ୍ତ ଦାବି ପାତ୍ର ରେ ଉଲେକ୍ୟା କରୁଛନ୍ତି ।ରାଜ୍ୟ ସରକାର ଓ କେନ୍ଦ୍ର ସରକାର ଙ୍କ ବିରୋଧ ରେ ବିଭିନ୍ନ ସ୍ଲୋଗାନ ଦିଆଯାଇଥିଲାସହିତ ଯଦି ପିସି କାରବାର ବନ୍ଦ ନକରାଯିବ ତାହାଲେ ଆଗାମୀ ଦିନରେ ପଟାଙ୍ଗି କଂଗ୍ରେସ ରାଜରାସ୍ତା କୁ ଓଲ୍ଲାହିଁ ବ ବୋଲି ବ୍ଲକ ବିଡିଓ ଙ୍କୁ ନେତା ଙ୍କ ଦ୍ୱାରା ଚେତାବନୀ ଦିଆଗଲା।ବ୍ଲକ୍ କଂଗ୍ରେସ ସଭାପତି ସୋନିଆ ମାଝୀ ଙ୍କ ନେତୃତ୍ୱରେ ପୂର୍ବତନ ବିଧାୟକ ରାମ ଚ଼ନ୍ଦ୍ର କାଡାମ ,ଜିଲ୍ଲା ପରିଷଦ ସଦସ୍ୟ ଯୋଷଧା ଖିଲ,ମୋହନ ଜାନି,ସଂସଦ ପ୍ରତିନିଧି ଜଗତ ରାୟ କିନ ବୁଡ଼ି, ସମାଜ ସେବୀ ସମ୍ଭା ପାଙ୍ଗି, ପଟାଙ୍ଗି ନିର୍ବାଚ଼ନ ମଣ୍ଡଳୀ ଯୁବ ସଭାପତି ଜଗଦିଶ ବାଘ,ଛାତ୍ର କଂଗ୍ରେସ ସଭାପତି ଡମ୍ବରୁ ଗୁଣ୍ଟା,ରଜପୁଟ ସରପଞ୍ଚ ପିତାମ୍ବର କିର୍ଷନୀ, ନେତା ଅଶୋକ କନ୍ଦପାନ ,କମୁଲୁ ଧଡକା ,ରାଜେନ୍ଦ୍ର ପାଙ୍ଗି ଶତାଧିକ କଂଗ୍ରେସ ନେତା ଓ କର୍ମୀ ଉପସ୍ଥିତ ଥିଲେ।ଶେଷ ରେ ଜିଲ୍ଲା କଂଗ୍ରେସ ସଭାପତି ଶ୍ରୀ ଦୁର୍ଗା ଶଙ୍କର ସାହୁ ମଧ ଆନ୍ଦୋଳନ ରେ ସାମିଲ ହୋଇ ଥିଲେ।

# ବିଜେପିର ଭୋଟର ସଚେତନତା ଅଭିଯାନ

ନିମାପଡ଼ା,(ପି.ଏନ): ନିମାପଡ଼ା ସ୍ଥିତ ଶ୍ରୀରାମ କଲ୍ୟାଣ ମଣ୍ଡପ ଠାରେ ଭାରତୀୟ ଜନତା ପାର୍ଟି ପକ୍ଷରୁ ନିର୍ବାଚ଼ନ ମଣ୍ଡଳୀ ସ୍ତରୀୟ ଭୋଟର ସଚେତନତା ଅଭିଯାନ ଶିବିର ଅନୁଷ୍ଠିତ ହୋଇଯାଇଛି ।୨୦୨୪ ନିର୍ବାଚ଼ନ ପରିପ୍ରେକ୍ଷୀରେ ଭୋଟର ସଂଶୋଧନ ପ୍ରକ୍ରିୟା ଜାରି ରହିଛି। ଏଥିରେ ନବାଗତ ଭୋଟର ମାନଙ୍କୁ ଦଳୀୟ କାର୍ଯ୍ୟକ୍ରମ ରେ ସାମିଲ କରାଇବା ପାଇଁ ବିଜେପି ଜିଲ୍ଲା ସଭାପତି ଶ୍ରୀ ଆଶ୍ରିତ ପଟ୍ଟନାୟକ କର୍ମୀ ମାନଙ୍କୁ ଆହ୍ୱାନ ଦେଇଥିଲେ ।ରାଜ୍ୟ ସଭାପତି ଶ୍ରୀ ମନମୋହନ ସାମଲ ଙ୍କ ଆହ୍ୱାନରେ ପ୍ରତ୍ୟେକ ପଞ୍ଚାୟତ ରେ ରାଜ୍ୟ ସରକାର ଙ୍କ ଭ୍ରଷ୍ଟାଚ଼ାର ବିରୋଧରେ ପଞ୍ଚାୟତ ଘେରାଉ କାର୍ଯ୍ୟକ୍ରମ ହେବାକୁ ସ୍ଥିର ହୋଇ ଥିଲା ।ଆସନ୍ତା ଅଗଷ୍ଟ ୩୧ ତାରିଖ ସୁଦ୍ଧା ପ୍ରଧାନମନ୍ତ୍ରୀ ଆବାସ ଯୋଜନା ରେ ହିତାଧିକାରୀ ଚ଼ୟନରେ ଚ଼ଞ୍ଚକତା ,ଭତ୍ତା ବଣ୍ଟନ ରେ ଅନିୟମିତତା ,ବିନା ପଲ୍ଲୀସଭା ରେ ବିକାଶ କାର୍ଯ୍ୟର ଚ଼ିଠା ପ୍ରସ୍ତୁତ କୁ ଭାରତୀୟ ଜନତା ପାର୍ଟି ବିରୋଧ କରିବ ।ଭ୍ରଷ୍ଟାଚ଼ାର ର ବିରୋଧ ପଞ୍ଚାୟତ ସ୍ତରରେ ଦଳକୁ ମଜବୁତ୍ କରିବା ପାଇଁ ବରିଷ୍ଠ ନେତ୍ରୀ ପ୍ରଭାତୀ ପରିଡ଼ା ,ଯୁବନେତା ଦିଲ୍ଲୀପ ନାୟକ ,ବିଧାନସଭା ପ୍ରଭାରୀ ରତିକାନ୍ତ ବେହେରା ,ସଂଯୋଜକ ପ୍ରଦିପକୁମାର ନାୟକ,ଜିଲ୍ଲା ସାଧାରଣ ସମ୍ପାଦକ ସୁଶାନ୍ତ ସ୍ୱାଇଁ ,ପୂର୍ଣ୍ଣଚ଼ନ୍ଦ୍ର ଓଝା ,ଜିଲ୍ଲା ପରିଷଦ ସଭ୍ୟ ପ୍ରମୋଦ କୁମାର ରାୟ ପ୍ରମୁଖ ନିଜ ନିଜ ର ବକ୍ତବ୍ୟ ରଖିଥିଲେ ।ନିମାପଡ଼ା ନଗର ସଭାପତି କାଉନସିଲର ନିରଞ୍ଜନ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ ।

# ଶଯ୍ୟାଶାୟୀ ପଦ୍ମେ ପ୍ରତି ପ୍ରଶାସନର ନଜର କେବେ

ନୂଆପଡ଼ା,(ପି.ଏନ): ନୂଆପଡା ଜିଲ୍ଲା କୋମନା ବ୍ଲକ ଅନ୍ତର୍ଗତ ସିଆଲଲଟି ପଂଚ଼ାୟତ ବେଲରଦନା ଗାଁ ର ପଦ୍ମେ ମାଝି (୫୦) ଅଜଣା ରୋଗରେ ୪ ବର୍ଷରୁ ଊର୍ଦ୍ଧ ହେବ ଶଯ୍ୟାଶାୟୀ ହୋଇ ପଡିଛନ୍ତି । ଅର୍ଥ ଅଭାବରୁ ଚ଼ିକିତ୍ସିତ ହୋଇ ପାରୁ ନ ଥିବା ଅଭିଯୋଗ କରିଛନ୍ତି । ପ୍ରାପ୍ତ ସୂଚ଼ନା ମତେ ସିଆଲଲଟି ପଂଚ଼ାୟତ ବେଲରଦନା ଗାଁ ର ଚ଼ିନିଲାଲ ମାଝି (୫୫) ସ୍ତ୍ରୀ ପଦ୍ମେ (୫୦) ୪ ଝିଅପୁଅ ମୋହନ (୨୦), ଜାନକି (୧୬),ଭଗବାନୀ(୧୩) ଓ ନିନିତା ୯ କୁ ନେଇ ପରିବାର ଖୁସିରେ ଚ଼ଳି ଆସୁଥିଲେ ଓ ଝିଅପୁଅଙ୍କୁ ପାଠ ପଢାରେ ମନ ଦେଇଥିଲେ । ପଦ୍ମେ ଅଜଣା ରୋଗରେ ପଡିଲା ପରେ ବିଭିନ୍ନ ଡାକ୍ତଖାନା ନେଇ ସବୁ ଖର୍ଚ୍ଚ ହୋଇ ଯିବାରୁ ଝିଅପୁଅଙ୍କୁ ପାଠ ପଢାଇ ପାରିଲେ ନାହିଁ । ମୋହନ ମାଆ ର ଚ଼ିକିତ୍ସା ପାଇଁ ଦାଦନ ଯାଇଥିବା ବେଳେ ୨ ଝିଅ ପର ଘରେ ମୂଳ ଲାଗୁଛନ୍ତି । ବର୍ତମାନ ସ୍ଥିତି ଅତି ଦୟନିୟ ଅବସ୍ଥାରେ ଥିବାରୁ ପଦ୍ମେ କୁ ଅନ୍ୟ କେଉଠି ନେଇ ଚ଼ିକିତ୍ସା କରି ପାରୁ ନାହାନ୍ତି । ୪ ବର୍ଷ ପୂର୍ବ? ପାଦର ଡାହାଣ ଗୋଡ ଆଣ୍ଠୁ ପାଖରେ ଦରଦ ହୋଇ ଫୁଲି ଯାଇ ଧିରେଧିରେ ଅଂଟା ଠାରୁ ଆଉ ତଳକୁ କାମ କଲା ନାହିଁ । ସେ ନିଜେ ଉଠା ବସା କରି ପାରିଲେ ନାହିଁ । ପରିବାର ଲୋକେ ଜିଲ୍ଲା ତଥା ଜିଲ୍ଲା ବାହାର ଡାକ୍ତଖାନାକୁ ନେଇ ଚ଼ିକିତ୍ସା କଲେ ମଧ ଭଲ ହେଲା ନାହିଁ । ଶେଷରେ ଶଯ୍ୟାଶାୟୀ ହୋଇ ଘରେ ପଡି ରହିଛନ୍ତି । ଏ ସଂକ୍ରାନ୍ତରେ କୋମନା ବିଡିଓଙ୍କୁ ପଚ଼ାରିବାରୁ ପଦ୍ମେ ର ବିକଳାଙ୍ଗ ସାର୍ଟିଫିକେଟ ତିଆରି କରି ମଧୁବାବୁ ପେନସନ ଯୋଜନାରେ ସାମିଲ କରି ଦିଆଯିବ ଓ ଆବଶ୍ୟକ ଚ଼ିକିତ୍ସା ପାଇଁ କଣ ସବୁ ଦରକାର ତଦନ୍ତ କରି ବ୍ୟବସ୍ଥା କରାଯିବ ବୋଲି କହିଥିଲେ । ଅତ୍ୟନ୍ତ ଗରିବ ପରିବାର ହୋଇ ଥିବାରୁ ଆବଶ୍ୟକ ଚ଼ିକିତ୍ସା କରି ପାରୁ ନାହାନ୍ତି। ପଦ୍ମେ ଶର୍ଯ୍ୟାଶାୟୀ ହେଲେ ପରେ ଝିଅପୁଅର ପାଠ ପଢା ମଧ ଅଧାରୁ ବନ୍ଦ ହୋଇ ଗଲା । ଏସବୁକୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନ ପକ୍ଷରୁ ଝିଅପୁଅଙ୍କ ପାଠ ପଢା, ଆବଶ୍ୟକ ଚ଼ିକିତ୍ସା ଓ ପଦ୍ମେଙ୍କୁ ବିକଳାଙ୍ଗ ଭତ୍ତା ଯୋଗାଇ ଦେବା ପାଇଁ ଦାବି କରିଛନ୍ତି ।

# କୋଷ୍ଟଗାର୍ଡ ତରଫରୁ ମତ୍ସ୍ୟଜୀବୀଙ୍କୁ ସଚେତନତା



ଅସ୍ତରଙ୍ଗ,(ପି.ଏନ): ପୁରୀ ଜିଲ୍ଲା ଅସ୍ତରଙ୍ଗ ବ୍ଲକ ନୂଆଗଡ ସାମୁଦ୍ରିକ ଥାନା ପରିସରରେ କୋଷ୍ଟ ଗାର୍ଡ ତରଫରୁ ଅସ୍ତରଙ୍ଗ ଅଞ୍ଚଳ ମତ୍ସ୍ୟଜୀବୀ ମାନଙ୍କୁ ନେଇ ଏକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତୀଥି ଭାବେ ନୂଆଗଡ ସାମୁଦ୍ରିକ ଥାନାଧିକାରୀ ରାଜେଶ ବଳିୟାରସିଂ, କୋଷ୍ଟଗାର୍ଡ ପ୍ରଧାନଅଧିକାରୀ ଦିନେଶ କୁମାର ମହାନ୍ତି, କୋଷ୍ଟଗାର୍ଡ ପ୍ରଧାନନାବିକ କେ. ଭି. ସି ଶେଖର, ନୂଆଗଡ ସାମୁଦ୍ରିକ ଏ। ଏସ. ଆଇ ସନ୍ତୋଷ ଜେନା ଙ୍କ ଉପସ୍ଥିତି ରେ ନୂଆଗଡ ସାମୁଦ୍ରିକ ଥାନା ପରିସରରେ ଅସ୍ତରଙ୍ଗ ଅଂଚ଼ଳର ମତ୍ସ୍ୟଜୀବୀ ମାନେ ସମୁଦ୍ର ମଧ ମାଛ ଧରିବାକୁ ଗଲେ ଲାଇଫଜ୍ୟାକେଟ, ଅଚ଼ିହ୍ନା ଯୁବକ ତଥା ଆତଙ୍କବାଦୀ ସନ୍ଦେହ ହେଲେ ତୁରନ୍ତ ସାମୁଦ୍ରିକ ଥାନାକୁ ସୂଚ଼ନା ଦେବା, ପ୍ରାକୃତିକ ବିପର୍ଯ୍ୟୟ ସମୟରେ ସତର୍କ ସୂଚ଼ନା ଦିଆଗଲେ ସମୁଦ୍ର କୁ ନ ଯିବା ସହ ଅନେକ ସଚେତନଉପରେ କୋଷ୍ଟ ଅଧିକାରୀଙ୍କ ସହ ଉପସ୍ଥିତ ଅତୀଥି ମତ ଦେଇଥିଲେ ।ଏହି ସଚେତନତା କାର୍ଯ୍ୟକ୍ରମ ରେ ସ୍ଥାନୀୟ ମତ୍ସ୍ୟଜୀବୀ ଖୁସି ହୋଇଥିଲେ।

# ପୂର୍ବତଟ ରେଳପଥ ମହାପ୍ରବନ୍ଧକଙ୍କ ଦ୍ୱାରା ନିର୍ମାଣଧୀନ ଖୋର୍ଦ୍ଧା ରୋଡ଼-ବଲାଙ୍ଗୀର ରେଳ ପ୍ରକଳ୍ପର ପୁରୁଣାପାଣି-ସୋନପୁର ରେଳ ସେକ୍ସନ ନିରୀକ୍ଷଣ

ଭୁବନେଶ୍ୱର,(ପି.ଏନ):ପୂର୍ବତଟ ରେଳପଥ ମହାପ୍ରବନ୍ଧକ ଶ୍ରୀ ମନୋଜ ଶର୍ମା ଆଜି ନିର୍ମାଣଧୀନ ଖୋର୍ଦ୍ଧା ରୋଡ଼-ବଲାଙ୍ଗୀର ରେଳ ପ୍ରକଳ୍ପର ପୁରୁଣାପାଣି-ସୋନପୁର ରେଳ ସେକ୍ସନ ନିରୀକ୍ଷଣ କରି ବିଭିନ୍ନ ଭିତ୍ତିଭୂମି କାର୍ଯ୍ୟ ସମ୍ପର୍କରେ କାର୍ଯ୍ୟରତ ଅଧିକାରୀ ମାନଙ୍କ ଠାରୁ ନିର୍ମାଣ କାର୍ଯ୍ୟ ପଚ଼ାରି ବୁଝିଛନ୍ତି । ତେଲ ନଦୀ ଉପରେ ଏକ ଗୁରୁତ୍ୱପୂର୍ଣ୍ଣ ନିର୍ମାଣଧୀନ ରେଳ ବ୍ରିଜ୍ ମଧ ଶ୍ରୀ ଶର୍ମାଙ୍କ ଦ୍ୱାରା ଯାଞ୍ଚ କରାଯାଇଛି । ଯାଞ୍ଚ ସମୟରେ ଶ୍ରୀ ଶର୍ମା ପ୍ରକଳ୍ପ କାର୍ଯ୍ୟଗୁଡ଼ିକର ଶୀଘ୍ର ସମାପ୍ତ ହେବା ଉପରେ ଗୁରୁତ୍ୱାରୋପ କରିଥିଲେ । ପୁରୁଣାପାଣି ଏବଂ ସୋନପୁରରେ ନୂତନ ଷ୍ଟେସନ୍ ବିଲଡିଂ ଯାଞ୍ଚ କରି ଶ୍ରୀ ଶର୍ମା ଯାତ୍ରୀମାନଙ୍କ ଆରାମ ପାଇଁ ବହୁ ଆବଶ୍ୟକ କରୁଥିବା ପରିକ୍ଷେତ୍ର ଅଞ୍ଚଳ, କନକୋର୍ସ, ପ୍ଲାଟଫର୍ମ ଆଲୋକ, ପ୍ରତୀକ୍ଷା କକ୍ଷ, ଶୌଚ଼ାଳୟ ଇତ୍ୟାଦି ସମ୍ବନ୍ଧରେ ଗୁରୁତ୍ୱାରୋପ କରିଥିଲେ । ରେଳ ବ୍ୟବହାରକାରୀଙ୍କ ସୁବିଧା ପାଇଁ ସଡକ ସଂଯୋଗରେ ଉନ୍ନତି ଆଣିବା ପାଇଁ ମହାପ୍ରବନ୍ଧକ ମଧ ରାଜ୍ୟ ସରକାରୀ କର୍ମଚ଼ାରୀଙ୍କ ସହ ସମନ୍ୱୟ ରକ୍ଷା କରିବାକୁ ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି ।ଶ୍ରୀ ଶର୍ମା ମହାନଦୀର ଏକ ଉପନଦୀ ତେଲ ନଦୀ ଉପରେ ନିର୍ମାଣାଧୀନ ଅତି ଗୁରୁତ୍ୱପୂର୍ଣ୍ଣ ପୋଲକୁ ମଧ ନିରୀକ୍ଷଣ କରିଥିଲେ । ତେଲ ନଦୀର ପ୍ରାକୃତିକ ଜଳ ପ୍ରବାହ ବ୍ୟତୀତ ମହାନଦୀର ପଛୁଆ ଜଳ ତେଲ ନଦୀରେ ପ୍ରବେଶ କରୁଥିବାରୁ ଏହି ନଦୀ ଉପରେ ପୋଲ ନିର୍ମାଣ କାର୍ଯ୍ୟ ରେଳବାଇ ପାଇଁ ଏକ ଆହ୍ୱାନ ଅଟେ । ମାନ୍ୟବର ରେଳମନ୍ତ୍ରୀ ଶ୍ରୀ ଅଶ୍ୱିନୀ ବାଇଷ୍ଣବ ଓଡ଼ିଶାରେ ଚ଼ାଲୁରହିଥିବା ବିଭିନ୍ନ ରେଳ ପ୍ରକଳ୍ପ କାର୍ଯ୍ୟ ସହିତ ଏହି ଅଞ୍ଚଳର ରେଳ ଭିତ୍ତିଭୂମି ବିକାଶ ପାଇଁ ପ୍ରାଥମିକତା ଦେଉଛନ୍ତି ଏବଂ ବିକାଶମୂଳକ କାର୍ଯ୍ୟ ଉପରେ ମଧ ନିରନ୍ତର ନଜର ରଖିଛନ୍ତି । ଖୋର୍ଦ୍ଧା ରୋଡ୍-ବଲାଙ୍ଗୀର ରେଳ ଲାଇନ ପ୍ରକଳ୍ପ ହେଉଛି ପ୍ରାଥମିକ ଦିଆଯାଉଥିବା ଏକ ସାର୍ବଜନୀନ କୈନ୍ଦ୍ରିକ ପ୍ରକଳ୍ପ, ଯାହାକୁ ସର୍ବୋଚ୍ଚ କର୍ତ୍ତୃପକ୍ଷ ନିୟମିତ ଭାବରେ ତଦାରଖ କରୁଛନ୍ତି । ଖୋର୍ଦ୍ଧା ରୋଡ-ବଲାଙ୍ଗୀର ରେଳ ଲାଇନ ପ୍ରକଳ୍ପ ଏହି ଅଞ୍ଚଳର ଅର୍ଥନୀତିକୁ ବୃଦ୍ଧି କରିବ ଏବଂ ପଶ୍ଚିମ ଓଡିଶା ଏବଂ ଉପକୂଳ ଓଡିଶା ମଧରେ ସାମାଜିକ-ସାଂସ୍କୃତିକ ସଂଯୋଗକୁ ବୃଦ୍ଧି କରିବ । ଖୋର୍ଦ୍ଧା ରୋଡ୍-ବଲାଙ୍ଗୀର ରେଳ ଲାଇନ ପ୍ରକଳ୍ପର ୩୦୧ କିଲୋମିଟର ଦୈର୍ଘ୍ୟ ମଧରୁ ମୋଟ ୧୪୨.୫ କିଲୋମିଟର କାର୍ଯ୍ୟ ଏପର୍ଯ୍ୟନ୍ତ ଶେଷ ହୋଇଛି, ସେଥିମଧରୁ ଖୋର୍ଦ୍ଧା ରୋଡରୁ ଦଶପଲ୍ଲା ପର୍ଯ୍ୟନ୍ତ ପ୍ରାୟ ୧୦୫.୮ କିଲୋମିଟର ଏବଂ ବଲାଙ୍ଗୀରରୁ ଖମ୍ବେଶ୍ୱରପାଲି ପର୍ଯ୍ୟନ୍ତ ୩୬.୬ କିଲୋମିଟର ଦୂରତା ଅନ୍ତର୍ଭୁକ୍ତ । ୨୦୨୩-୨୪ ଆର୍ଥିକ ବର୍ଷରେ ଖମ୍ବେଶ୍ୱରପାଲି ଠାରୁ ପୁରୁଣାକଟକ ପର୍ଯ୍ୟନ୍ତ ପ୍ରାୟ ୮୪ କିଲୋମିଟର ଦୈର୍ଘ୍ୟ ରେଳ ଲାଇନକୁ ସମ୍ପୂର୍ଣ୍ଣ କରିବାକୁ ପୂର୍ବତଟ ରେଳପଥ ଲକ୍ଷ୍ୟ ରଖିଛି । ନିରୀକ୍ଷଣ ସମୟରେ ପୂର୍ବତଟ ରେଳପଥ ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ) ଶ୍ରୀ ପି ଶ୍ରୀନିବାସ, ସମ୍ବଲପୁର ରେଳ ମଣ୍ଡଳର ମଣ୍ଡଳ ରେଳବାଇ ପ୍ରବନ୍ଧକ ଶ୍ରୀ ଭିନୀତ ସିଂ ଏବଂ ଅନ୍ୟ ବରିଷ୍ଠ ଅଧିକାରୀମାନେ ମହାପ୍ରବନ୍ଧକ ଶ୍ରୀ ଶର୍ମାଙ୍କ ଯାଞ୍ଚ ସମୟରେ ଉପସ୍ଥିତ ଥିଲେ ।

# ଡିସିବି ବ୍ୟାଙ୍କ ତରଫରୁ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ



ସେମିଳିଗୁଡା,(ପି.ଏନ):କୋରାପୁଟ ଜିଲ୍ଲାର ସେମିଳିଗୁଡାସ୍ଥିତ ଡିସିବି ବ୍ୟାଙ୍କ ତରଫରୁ ବିଶ୍ୱ ନାଗରିକ ଦିବସ ପାଳନ କରାଯାଇଛି। ଏହି ଉପଲକ୍ଷେ ବ୍ୟାଙ୍କଠାରେ ବ୍ୟାଙ୍କ ପରିଚ଼ାଳକ ଶ୍ରୀ ସନ୍ତୋଷ କୁମାର ପଣ୍ଡାଙ୍କ ପୌରହିତ୍ୟରେ ଏକ ସଭାର ଆୟୋଜନ କରାଯାଇଥିଲା ।ଏହି ସଭାରେ ସର୍ବ ପ୍ରଥମେ ଶ୍ରୀ ପଣ୍ଡା ନିମନ୍ତ୍ରିତ ସମସ୍ତ ବରିଷ୍ଠ ନାଗରିକଙ୍କୁ ବ୍ୟାଙ୍କ ତରଫରୁ ସ୍ୱାଗତ କରିଥିଲେ ।ଏହାପରେ ବରିଷ୍ଠ ଦମ୍ପତି ଡକ୍ଟର ଚ଼ିତ୍ତରଞ୍ଜନ ମିଶ୍ର, ଶ୍ରୀମତୀ ସ୍ନିଗ୍ଧାରାଣୀ ମିଶ୍ର, ମହେଶ୍ୱର ଚୌଧୁରୀ,ବିପିନ ମହାରଣା ପ୍ରମୁଖ କେକ୍ କାଟି ପାଳନ କରିଥିଲେ। ଶ୍ରୀ ପଣ୍ଡା ବରିଷ୍ଠ ନାଗରିକ ମାନଙ୍କ ପାଇଁ ଉଦ୍ଦିଷ୍ଟ ବିଭିନ୍ନ ଯୋଜନା, ଜମା, ବିଷୟରେ ବୁଝାଇଥିଲେ ।ବରିଷ୍ଠ ନାଗରିକଙ୍କ ସ୍ୱାସ୍ଥ୍ୟର ଯତ୍ନ ବିଷୟରେ ଆଲୋଚ଼ନା ହୋଇଥିଲା ।ବ୍ୟାଙ୍କ ଡିଆରଏମ୍ ସୁଧାଂଶୁ ଖରା ଧନ୍ୟବାଦ ଅର୍ପଣ କରିଥିଲେ ।ବ୍ୟାଙ୍କର ଜିତୁ ବିଶୋଇ ଓ ଅନ୍ୟାନ୍ୟ କର୍ମଚ଼ାରୀବୃନ୍ଦ ସହଯୋଗ କରିଥିଲେ।

# ସିଏସ୍ଏମ୍ ଟେକ୍ନୋଲୋଜି ଜିତିଲା ବିଡବ୍ଲ୍ୟୁ ବେଷ୍ଟ ଏମର୍ଜିଂ ବିଜିନେସ୍ ଆୱାର୍ଡ

ନୂଆଦିଲ୍ଲୀ/ଭୁବନେଶ୍ୱର,(ପି.ଏନ): ୨୪ ଅଗଷ୍ଟ, ୨୦୨୩: ଆଫ୍ରିକା, ଦୁବାଲ, ୟୁଏସଏ ଓ କାନାଡାରେ ବ୍ୟବସାୟ କରୁଥିବା ଭାରତୀୟ ଆଇଟି ମଲ୍ଟିନେସନାଲ କମ୍ପାନି, ଭୁବନେଶ୍ୱରଭିତ୍ତିକ ସିଏସ୍ଏମ୍ ଟେକ୍ନୋଲୋଜି, ଏସ୍ଏମ୍ଇ ୱାର୍ଲ୍ଡ ସହଯୋଗରେ ବିଜିନେସ୍ ୱାର୍ଲ୍ଡ ଦ୍ୱାରା ଆୟୋଜିତ ପଂଚ଼ମ ସଂସ୍କରଣ ବିଡବ୍ଲ୍ୟୁ ଏମର୍ଜିଂ ବିଜନେସେସ୍ ଆୱାର୍ଡ ବିଜୟୀ ହୋଇଛି ।ବିକାଶଶୀଳ ଉଦ୍ୟୋଗ ଦ୍ୱାରା ସର୍ବୋତମ ଉତ୍ପାଦ ଓ ସେବା ବର୍ଗରେ ସିଏସ୍ଏମ୍ ଟେକ୍ନୋଲୋଜି ବେଷ୍ଟ ଏମର୍ଜିଂ ବିଜିନେସ୍ ଇନ୍ ଇଣ୍ଡିଆ ପୁରସ୍କାର ବିଜୟୀ ହୋଇଛି । ନୂଆଦିଲ୍ଲୀରେ ଆୟୋଜିତ ଉତ୍ସବରେ ବିଡବ୍ଲ୍ୟୁ ବିଜିନେସ୍ ୱାର୍ଲ୍ଡ ଗ୍ରୁପର ଅଧକ୍ଷ ତଥା ଏଡିଟର-ଇନ-ଚ଼ିଫ୍ ଏବଂ ରଙ୍ଗମଷବଭଶର୪ଙ୍କରୟସବ ଗ୍ରୁପର ପ୍ରତିଷ୍ଠାତା ତଥା ଏଡିଟର-ଇନ୍-ଚ଼ିଫ୍ ଡକ୍ଟର ଅନୁରାଗ ବାତ୍ରାଙ୍କଠାରୁ ସିଏସ୍ଏମ୍ ଟେକ୍ନୋଲୋଜିର ମାର୍କେଟିଂ କମ୍ୟୁନିକେସନ ସ୍ପ ?ସାଲିଷ୍ଟ ତପସ୍ୱିନୀ ସ୍ୱାଇଁ ଏହି ପୁରସ୍କାର ଗ୍ରହଣ କରିଛନ୍ତି ।ଏହି ସଫଳତା ସମ୍ପର୍କରେ ମତପୋଷଣ କରି ସିଏସ୍ଏମ୍ ଟେକ୍ନୋଲୋଜିର ପ୍ରତିଷ୍ଠାତା ଓ ସିଇଓ ପ୍ରିୟଦର୍ଶୀ ନାନୁ ପାଣି କହିଛନ୍ତି, "ସିଏସ୍ଏମ୍ ଟେକ୍ନୋଲୋଜିର ସମସ୍ତ ସଦସ୍ୟଙ୍କ ପାଇଁ ଏହା ଏକ ଗୌରବର ମୁହୂର୍ତ୍ତ । ଡିଜିଟାଲ ଗଭର୍ଣ୍ଣନ୍ସ କ୍ଷେତ୍ରରେ କମ୍ପାନି ଏକ ଅଗ୍ରଦୂତ ସାଜିଛି । ଆମର ସଲ୍ୟୁସନଗୁଡ଼ିକ ନାଗରିକ କୈନ୍ଦ୍ରୀକ ଡେଲିଭରୀ, ଗ୍ରାହକ ବିଶ୍ୱାସ ଓ ବ୍ୟବସାୟ ପ୍ରକ୍ରିୟା ରିଇଞ୍ଜିନିୟରିଂରେ ନୂଆ ଉଦାହରଣ ସୃଷ୍ଟି କରିଛି। ବିଜିନେସ ୱାର୍ଲ୍ଡ ଭଳି ଏକ ଜାତୀୟସ୍ତରର ସମ୍ମାନଜନକ ମିଡିଆ ହାଉସ୍ ପକ୍ଷରୁ ମିଳିଥିବା ଏ ହିଁ ସ୍ୱୀକୃତି ଆଗାମୀ ଦିନରେ ଆମକୁ ବ୍ୟାପକରୁ ବ୍ୟାପକ ସୃଜନଶୀଳତା ଆଣିବା ଦିଗରେ ପ୍ରୋତ୍ସାହିତ କରିବ ।"ବିଜେତାମାନଙ୍କୁ ଡିଜିଟାଲ ଇଣ୍ଡିଆ ଫାଉଣ୍ଡେସନର ସହ-ପ୍ରତିଷ୍ଠାତା ତଥା ମୁଖ୍ୟ ଡକ୍ଟର ଅରବିନ୍ଦ ଗୁପ୍ତା, ଇଣ୍ଡିଆ ଏସ୍ଏମ୍ଇ ଫୋରମର ମହାନିର୍ଦ୍ଦେଶକ ସୁଷମା ମୋର୍ଥାନିଆ, ଭାରତୀୟ ଷ୍ଟେଟ ବ୍ୟାଙ୍କ କର୍ପୋରେଟ ଆକାଉଂଟସ ଗ୍ରୁପ୍‌ର ଉପ ପରିଚ଼ାଳନା ନିର୍ଦ୍ଦେଶକ ସୁନିଲ ଶ୍ରୀବାସ୍ତବଙ୍କ ଭଳି ଜଣାଶୁଣା ଶିଳ୍ପ ବିଶେଷଜ୍ଞ ଓ ବ୍ୟବସାୟିକ ନେତୃବୃନ୍ଦ ଚ଼ୟନ କରିଛନ୍ତି । ବିଡବ୍ଲ୍ୟୁ ବିଜନେସ ୱାର୍ଲ୍ଡ ଗ୍ରୁପର ଅଧକ୍ଷ ତଥା ଏଡିଟର-ଇନ୍-ଚ଼ିଫ୍ ଏବଂ exchange 4media ଗ୍ରୁପର ପ୍ରତିଷ୍ଠାତା ତଥା ଏଡିଟର-ଇନ୍-ଚ଼ିଫ୍ ଡକ୍ଟର ଅନୁରାଗ ବାତ୍ରା କହିଛନ୍ତି, "ମହାମାରୀ ପରବର୍ତୀ ସମୟରେ ଏମ୍ଏସ୍ଏମ୍ଇ କ୍ଷେତ୍ର ଦେଶର ସର୍ବୋତମ ଅଭିବୃଦ୍ଧି ଇଞ୍ଜିନରେ ପରିଣତ ହୋଇଥିଲା, ଯାହାକି ନିକଟ ଅତୀତରେ ବେଶ ଉନ୍ନତି ପରିଲକ୍ଷିତ କରିଛି ଏବଂ ନିଜର ପାରମ୍ପରିକ ପଦ୍ଧତିରୁ ଟେକ୍ନୋଲୋଜି ପରିଚ଼ାଳିତ ହୋଇଛି । ବର୍ତମାନ ଏମ୍ଏସ୍ଏମଇ କ୍ଷେତ୍ର ଦେଶର କ୍ଷମତା ବୃଦ୍ଧି ସହ ଭାରତକୁ ନିଜର ୫ ଟ୍ରିଲିୟନ ଡଲାର ଅର୍ଥନୀତି ହେବା ଲକ୍ଷ୍ୟ ଦିଗରେ ନେବାରେ ଏକ ପ୍ରମୁଖ ଚ଼ାଳକ ଭାବେ କାମ କରିବ ବୋଲି ଆଶା କରାଯାଉଛି । ଏହି ପୁରସ୍କାର ହେଉଛି ଭାରତର ଏସ୍ଏମଇଗୁଡ଼ିକର କଠିନ ପରିଶ୍ରମ ଓ ନିଷ୍ଠାପରତାର ସମ୍ମାନଜନକ ସ୍ୱୀକୃତି । ଏମାନେ ଭାରତୀୟ ଅର୍ଥନୀତିର ସୁଦୃଢ଼ତା ଓ ପୁନଃଉତଥାନର ପ୍ରତୀକ ।" ଏହି ପୁରସ୍କାର ସମାରୋହରେ ବିଜିନେସ ଲିଡର, ସରକାରୀ ଅଧିକାରୀ ଓ ଗଣମାଧ୍ୟମ ପ୍ରତିନିଧିଙ୍କ ସମେତ ୫୦୦ରୁ ଅଧିକ ଅତିଥି ଯୋଗଦାନ କରିଥିଲେ ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751010 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray